୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK ପର୍ଯ୍ୟବେକ୍ଷକ

Vol.26 . No.272 Bhubaneswar Friday December 13 2024 | ୨୬ତମ ବର୍ଷ ସଂଖ୍ୟା-୨୭୨ ଭୁବନେଶ୍ୱର, ଶୁକ୍ରବାର, ଡିସେମ୍ବର ୧୩, ୨୦୨୪ (୮ ପୃଷ୍ଠା) ମୂଲ୍ୟ-୧.୫୦ ₹ 1.50 (Air Surcharge - 0.50P) Member-INS

## ବିପୁଳ ରିଅଲ ଇଷ୍ଟେଟ୍ ସଂସ୍ଥାର ଏମ୍‌ଡିକୁ ନୋଟିସ୍

ଭୁବନେଶ୍ୱର,୧୨।୧୨(ପି.ଏନ):ଓଡିଶା ରିୟଲ ଇଷ୍ଟେଟ୍ ରେଗୁଲେଟାରି ଅଥରିଟି (ଓରେରା) ଅର୍ଡରକୁ ବିଲ୍ ?ଡରଙ୍କ ବେଖାତିର କରୁଛି। ହେଲେ ପ୍ରଶାସନ ଚୁପ୍ ବସିଛି। ବାସଗୃହ କ୍ରେତା ଦୌଡି ଦୌଡି ନୟାନ୍ତ ହେଉଛନ୍ତି। ସୁପ୍ରିମକୋର୍ଟରେ ମାମଲା ପରେ ଆକ୍ସନ ଆରମ୍ଭ ହୋଇଛି। ଗିରଫଦାରି ପୂର୍ବରୁ ବିଲ୍‌ଡରଙ୍କୁ ସୋ କଜ୍ ନୋଟିସ୍ ହୋଇଛି। ଭୁବନେଶ୍ୱର ଇଡ଼ଗ ନିକଟରେ ଏକ ରିଅଲ ଇଷ୍ଟେଟ ସଂସ୍ଥା ମାଲିକଙ୍କୁ ସୋ'କଜ୍ ନୋଟିସ ପଠାଇବା ପରେ ଖୋଲୁଛି ବିଲ୍‌ଡରଙ୍କ ମନମାନିର ଗୁମର। ବିପୁଳ ଲିମିଟେଡ୍ ନାମକ ରିଅଲ ଇଷ୍ଟେଟ୍ ସଂସ୍ଥାର ଗଉଙ୍କୁ ଦିଆଯାଇଥିବା ଏହି ନୋଟିସରେ କୁହାଯାଇଛି, ୨୦୨୩ ମସିହାର ସାର୍ଟିଫିକେଟ୍ କେସ୍ ନମ୍ବର-୬ର ୮୭ ଲକ୍ଷ ୯୪ ହଜାର ୫୫୧ ଟଙ୍କା



ଦାଖଲରେ ସଂସ୍ଥା ବିଫଳ ହୋଇଛି। ତେଣୁ କାହିଁକି ତୁମ ବିରୋଧରେ ଗିରଫ ପାଇଁ ୱାରେଣ୍ଟ ଜାରି ହେବନି ଡିସେମ୍ବର ୩୧ ସୁଦ୍ଧା ଜବାବ ଦାଖଲ କର। ଖାଲି ଏଇ ଗୋଟିଏ ନୁହେଁ, ଓରେରାର ଆଦେଶ ପରେ ଆହୁରି ୧୮ ଜଣ ବାସଗୃହ କ୍ରେତାଙ୍କ ୧୪ କୋଟି ୧୮ ଲକ୍ଷ ଟଙ୍କା କ୍ଷତିପୂରଣ ଦେଇନି ବିପୁଲ୍ ଲିମିଟେଡ୍।

## ରାଜ୍ୟ ଗୃହ ବିଭାଗ ପକ୍ଷରୁ ୧୧ଟି ବିଭାଗକୁ ଚିଠି: ଅଚଳ ହୋଇ ପଡି ରହିଥିବା ସରକାରୀ ଜମି ଓ ଘରକୁ ଭଡାରେ ଲଗାଯିବ

ଭୁବନେଶ୍ୱର,୧୨।୧୨(ପିଏନ): ରାଜ୍ୟରେ ଅଚଳ ହୋଇ ପଡି ରହିଥିବା ସରକାରୀ ଜମି, ଘର ବା କୌଣସି ପରିତ୍ୟକ୍ତ ଅବସ୍ଥାରେ ରହିଥିବା ସରକାରୀ ସମ୍ପତ୍ତିକୁ ବ୍ୟବହାର ଉପଯୋଗୀ କରାଯିବ । ଦୀର୍ଘଦିନ ଧରି ପଡି ରହିଥିବା ଏହି ସବୁ ଜାଗାମାନଙ୍କରେ ପୁଣି ନୂଆ ହେବ । ସେଠାରେ ଦୋକାନ, କାଫେ ଓ ବ୍ୟବସାୟିକ ପ୍ରତିଷ୍ଠାନ ଖୋଲିବ। ଏନେଇ ରାଜ୍ୟ ଗୃହ ବିଭାଗ ପକ୍ଷରୁ ୧୧ଟି ବିଭାଗକୁ ଚିଠି ଲେଖାଯାଇଛି। ଡିସେମ୍ବର ୫ ତାରିଖରେ ଗୃହ ବିଭାଗ ପକ୍ଷରୁ ଜାରି ହୋଇଥିବା ଚିଠିରେ ରାଜ୍ୟ ପୋଲିସ ବିଭାଗ ମୁଖ୍ୟ ଡିଜି, ଆଇଜି, ମୁଖ୍ୟ ନିର୍ବାଚନ କମିଶନ ଓ ଅଗ୍ନିଶମ ପରି ବିଭା ରହିଛି ।

ପୂର୍ବରୁ ମୁଖ୍ୟ ଶାସନ ସଚିବ ଆଲୋଚନା କରିଥିବା ନିଷ୍ପତ୍ତି ଆଧାରରେ ଯେଉଁଠି ସରକାରୀ ଜମି କାର୍ଯ୍ୟକ୍ଷମ ହୋଇ ନାହିଁ ବା ପରିତ୍ୟକ୍ତ ଅବସ୍ଥାରେ ରହିଛି, ସେହି ସବୁ ସ୍ଥାନଗୁଡିକୁ ଚିହ୍ନଟ କରି ରିପୋର୍ଟ ଦେବାକୁ ବିଭାଗୀୟ ମୁଖ୍ୟମାନଙ୍କୁ କୁହାଯାଇଛି । ଯେଉଁଠାରେ ଏହିପରି ସ୍ଥାନ ରହିଛି ସେହି ଜିଲ୍ଲା ଗସ୍ତରେ ଯାଇ ଆଲୋଚନା କରିବାର ଆବଶ୍ୟକତା ରହିଛି । ଏ ଦିଗରେ କିଭଳି ଆର୍ଥିକ ଅଭିବୃଦ୍ଧି ହୋଇପାରିବ ତା' ଉପରେ ଗୁରୁତ୍ୱ ଦିଆଯିବ । କୌଣସି ଆର୍ଥିକ ଅଭିବୃଦ୍ଧି ହେଲା ଭଳି ବ୍ୟବସାୟିକକରଣ ପାଇଁ ଉପଯୋଗୀ ସ୍ଥାନର ଯାଞ୍ଚ ପରେ ତାହାକୁ ଭଡା ବା ଲିଜ୍ ଆକାରରେ ଲଗାଇବା ପାଇଁ ପ୍ରସ୍ତୁତ ହେବାକୁ ବିଭାଗୀୟ ମୁଖ୍ୟ ପ୍ରଶାସନିକ ଅଧିକାରୀଙ୍କୁ ନିର୍ଦ୍ଦେଶ ଦିଆଯାଇଛି । ଏନେଇ ଏକ ଲିଷ୍ଟ ପ୍ରସ୍ତୁତ କରିବାକୁ କୁହାଯାଇଛି । ୧୫ଟି ସ୍ଥାନରେ ତେଲ ଟାଙ୍କି କରିବା ପାଇଁ ଜେଲ ଓ କଏଦୀ କାରାଗାର ବିଭାଗ ପକ୍ଷରୁ ପ୍ରସ୍ତାବ ଦିଆଯାଇଛି।

## ଜେଏନୟୁରେ 'ଦି ସାବରମତି ରିପୋର୍ଟ' ସ୍କ୍ରିନିଂ ବେଳେ ହଙ୍ଗାମା

ଭୁବନେଶ୍ୱର,୧୨।୧୨(ପି.ଏନ); ବହୁ ଚର୍ଚ୍ଚିତ ଚଳଚ୍ଚିତ୍ର 'ଦି ସାବରବତୀ ରିପୋର୍ଟ' ସ୍କ୍ରିନିଂକୁ ନେଇ ଜବାହରଲାଲ ନେହେରୁ ବିଶ୍ୱବିଦ୍ୟାଳୟରେ ଅଶାନ୍ତି ଦେଖାଦେଇଛି। ଫିଲ୍ମର ସ୍କ୍ରିନିଂକୁ ବିରୋଧ କରି ଗୋଟିଏ ଗୋଷ୍ଠୀ ପୋଷ୍ଟର ଚିରିବା ସହ ପଥର ମାଡ଼ କରିଥିବା ଅଭିଯୋଗ ହୋଇଛି। ସେପଟେ ସବୁବେଳେ ଏବିଭିପି କାର୍ଯ୍ୟକ୍ରମରେ ବାମପନ୍ଥୀ ଛାତ୍ରଗୋଷ୍ଠୀ ବାଧା ସୃଷ୍ଟି କରୁଥିବା ଏବିଭିପି ପକ୍ଷରୁ ଅଭିଯୋଗ କରାଯାଇଛି।ମିଳିଥିବା ସୂଚନା ଅନୁସାରେ ନୂଆଦିଲ୍ଲୀର ଜବାହରଲାଲ ନେହେରୁ ବିଶ୍ୱବିଦ୍ୟାଳୟରେ ଅଖିଳ ଭାରତୀୟ ବିଦ୍ୟାର୍ଥୀ ପରିଷଦ(ଏବିଭିପି) ପକ୍ଷରୁ ନିକଟରେ ମୁକ୍ତିଲାଭ କରିଥିବା ବିକ୍ରାନ୍ତ ମେସିଙ୍କ ଅଭିନୀତ ଚଳ୍‌ଚିତ୍ର 'ଦି ସାବରମତି ରିପୋର୍ଟ'ର ସ୍କ୍ରିନିଂ



ଆୟୋଜନ କରାଯାଇଥିଲା। ହେଲେ ବିଶ୍ୱବିଦ୍ୟାଳୟରେ ଗୋଟିଏ ଛାତ୍ର ଗୋଷ୍ଠୀ ଏହାକୁ ବିରୋଧ କରି ପୋଷ୍ଟର ଚିରିଥିଲେ। ଜଣେ ଏବିଭିପି ଛାତ୍ର ଅଭିଯୋଗ କରିଛନ୍ତି ଯେ ବାମପନ୍ଥୀ ଛାତ୍ରମାନେ ବାରମ୍ବାର ଏଭଳି କାର୍ଯ୍ୟ କରୁଛନ୍ତି। ଏହା ପୂର୍ବରୁ ଆମେ ଏକ ଚଳ୍‌ଚିତ୍ରର ସ୍କ୍ରିନିଂ ଆୟୋଜନ କରିଥିଲୁ, ସେତେବେଳେ ମଧ୍ୟ ସେମାନଙ୍କ ଦ୍ୱାରା ସମାନ କାର୍ଯ୍ୟ କରାଯାଇଥିଲା। ଆଜି ବି ଲେଫ୍ଟ ଛାତ୍ରଗୋଷ୍ଠୀଙ୍କ ଦ୍ୱାରା ପଥର ମାଡ଼ରେ ଏକାଧିକ ଛାତ୍ର ଆହତ ହୋଇଛନ୍ତି।

## ଧାର୍ମିକ ପୂଜାସ୍ଥଳୀରେ ସର୍ଭେ ଉପରେ ରୋକ ଲଗାଇଲେ ସୁପ୍ରିମକୋର୍ଟ



ଭୁବନେଶ୍ୱର,୧୨।୧୨(ପି.ଏନ): ମସଜିଦ ସମେତ ବିଭିନ୍ନ ପୂଜାସ୍ଥଳୀଗୁଡିକରେ ଚାଲିଥିବା ସର୍ଭେ ?କୁ ସାମୟିକ ସ୍ଥଗିତ ରଖିବାକୁ ସୁପ୍ରିମକୋର୍ଟ ଗୁରୁବାର ନିର୍ଦ୍ଦେଶ ଦେଇଛନ୍ତି। ପୂଜାସ୍ଥଳୀ ଆଇନ ୧୯୯୧ର ସାମ୍ବିଧାନିକ ବୈଧତାକୁ ଚ୍ୟାଲେଞ୍ଜ କରୁଥିବା ପିଟିସନଗୁଡ଼ିକର ଶୁଣାଣି ଆରମ୍ଭ କରି ଏଭଳି ବଡ଼ ନିର୍ଦ୍ଦେଶ ଦେଇଛନ୍ତି ସର୍ବୋଚ୍ଚ ନ୍ୟାୟାଳୟ। ଏହା ସହିତ ମନ୍ଦିର-ମସଜିଦ ସହ ଜଡିତ କୌଣସି ମାମଲା ଉପରେ ଦେଶର କୌଣସି ଅଦାଲତ ଏବେ ପାଇଁ ଶୁଣାଣି କରିପାରିବେ ନାହିଁ ବୋଲି କହିଛନ୍ତି ସୁପ୍ରିମକୋର୍ଟ। ସୁପ୍ରିମକୋର୍ଟ ଗୁରୁବାର ପୂଜାସ୍ଥଳୀ ଆଇନ ୧୯୯୧ ପ୍ରସଙ୍ଗରେ ନିଜର ମତାମତ ଦେବାକୁ କେନ୍ଦ୍ର ସରକାରଙ୍କୁ ଚାରି ସପ୍ତାହର ସମୟ ଦେଇଛନ୍ତି। ପ୍ରଧାନ ବିଚାରପତିଙ୍କ ନେତୃତ୍ୱରେ ଗଠିତ ତିନି ଜଣିଆ ସାମ୍ବିଧାନିକ ଖଣ୍ଡପୀଠ କହିଛନ୍ତି ଯେ କେନ୍ଦ୍ର ସରକାରଙ୍କ ମତାମତ ବିନା କୋର୍ଟ ଏହା ଉପରେ କୌଣସି ରାୟ ଦେବେ ନାହିଁ। ଏହା ସହିତ ମାମଲାର ଶୁଣାଣି ଚାଲିଥିବା ପର୍ଯ୍ୟନ୍ତ ଯଦି ମନ୍ଦିର-ମସଜିଦ ସହ ଜଡିତ କୌଣସି ସ୍ଥାନରେ କିଛି ବିବାଦ ଉପୁଜେ, ଏହାକୁ ନେଇ ମାମଲା ରୁଜୁ ହେବ। ହେଲେ ନିମ୍ନ ଅଦାଲତ ଏହା ଉପରେ କିଛି ଶୁଣାଣି କରିବେ ନାହିଁ ବୋଲି ସୁପ୍ରିମକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି।

## ନୂଆବର୍ଷରେ ବଦଳିବେ ରାଜ୍ୟ ବିଜେପି ମୁଖିଆ !

ଭୁବନେଶ୍ୱର,୧୨।୧୨(ପି.ଏନ): ନୂଆବର୍ଷରେ ବଦଳିବେ ରାଜ୍ୟ ବିଜେପି ମୁଖିଆ! ଏପରି ସୂଚନା ଦେଇଛନ୍ତି ରାଜ୍ୟ ପ୍ରଭାରୀ ବିଜୟ ପାଲ ସିଂ ତୋମାର। ଗଣମାଧ୍ୟମକୁ ସୂଚନା ଦେଇ ଶ୍ରୀ ତୋମର କହିଛନ୍ତି, ଜାନୁଆରୀ ମାସରେ ହେବ ରାଜ୍ୟ ବିଜେପିର ନୂଆ ସଭାପତି ନିର୍ବାଚନ।ସେ କହିଛନ୍ତି, ଆମର ଗଣତାନ୍ତ୍ରିକ ଦଳ। ଗଣତାନ୍ତ୍ରିକ ଉପାୟରେ ସଭାପତି ନିର୍ବାଚନ ହେବ। ତେବେ ସାଂଗଠନିକ ନିର୍ବାଚନ ଆରମ୍ଭ ହୋଇଛି। ମଣ୍ଡଳ ନିର୍ବାଚନ ଚାଲିଛି। ଏହାପରେ ଜିଲ୍ଲା ସଭାପତି ନିର୍ବାଚନ



ଓ ତା'ପରେ ରାଜ୍ୟ ସଭାପତି ବଛାଯିବ। ଆଗାମୀ ମାସରେ ନୂଆ ରାଜ୍ୟ ସଭାପତି ବଛାଯିବେ। ଏହାସହ ବିଜେଡିର ବହୁ ସାଂସଦ ଓ ବିଧାୟକ ବିଜେପି ଯୋଗାଯୋଗରେ ଅଛନ୍ତି ବୋଲି ତୋମାର କହିଛନ୍ତି।

## ମହିଳାଙ୍କୁ ପ୍ରତି ମାସରେ ମିଳିବ ୨୧୦୦ ଟଙ୍କା

ଭୁବନେଶ୍ୱର,୧୨।୧୨(ପି.ଏନ): ବିଧାନସଭା ନିର୍ବାଚନ ପୂର୍ବରୁ ଦିଲ୍ଲୀରେ ଆମ୍ ଆଦମୀ ପାର୍ଟି ଖେଳିଛି ମହିଳା ଭୋଟବ୍ୟାଙ୍କ୍ କାର୍ଡ। ମୁଖ୍ୟମନ୍ତ୍ରୀ ମହିଳା ସମ୍ମାନ ଯୋଜନା କାର୍ଯ୍ୟକାରୀ ନେଇ ଘୋଷଣା କରିଛନ୍ତି ଆପ୍ ମୁଖ୍ୟ ଅରବିନ୍ଦ କେଜ୍ରିୱାଲ। ଗୁରୁବାର ସକାଳେ ଦିଲ୍ଲୀ କ୍ୟାବିନେଟ୍ ମହିଳା ସମ୍ମାନ ଯୋଜନାକୁ ଅନୁମୋଦନ କରିଛି। ଚଳିତ ବର୍ଷ ମାର୍ଚ୍ଚ ମାସରେ ଏହି ଯୋଜନାରେ ୧୮ ବର୍ଷରୁ ଉର୍ଦ୍ଧ୍ୱ ବୟସର ମହିଳାଙ୍କୁ ପ୍ରତି ମାସରେ ୧୦୦୦ ଟଙ୍କା ଲେଖାଏଁ ଦେବାକୁ ଘୋଷଣା କରିଥିଲେ କେଜ୍ରିୱାଲ। ତେବେ ନିର୍ବାଚନ ଜିତିଲେ ଏହି ରାଶିକୁ ବଢ଼ାଇ ୨୧୦୦ ଟଙ୍କା କରିଦିଆଯିବ ବୋଲି କେଜ୍ରିୱାଲ ଘୋଷଣା କରିଛନ୍ତି।



ଆସନ୍ତାକାଲିଠାରୁ ମୁଖ୍ୟମନ୍ତ୍ରୀ ମହିଳା ସମ୍ମାନ ଯୋଜନା ପାଇଁ ପଞ୍ଜୀକରଣ କରାଯିବ ବୋଲି କେଜ୍ରିୱାଲ ଏକ ସାମ୍ବାଦିକ ସମ୍ମିଳନୀରେ କହିଛନ୍ତି। ଏହି ଘୋଷଣା ସହ ସେ ଏହା ମଧ୍ୟ ସ୍ପଷ୍ଟ କରିଛନ୍ତି ଯେ କିଛି ଦିନ ମଧ୍ୟରେ ନିର୍ବାଚନ ବିଜ୍ଞପ୍ତି ପ୍ରକାଶ ପାଇବ। ଏହି କାରଣରୁ ପଞ୍ଜୀକରଣ ଆରମ୍ଭ ହୋଇଥିଲେ ମଧ୍ୟ ଆକାଉଣ୍ଟକୁ ଟଙ୍କା ପଠାଯାଇପାରିବ ନାହିଁ। ଏହାପରେ ଖୁବଶୀଘ୍ର ଆଉ ଏକ ଘୋଷଣା କରି ସେ କହିଛନ୍ତି ଯେ ନିର୍ବାଚନ ପରେ ମହିଳାମାନଙ୍କୁ ଏହି ଯୋଜନା ଅଧୀନରେ ପ୍ରତିମାସରେ ୧୦୦୦ ବଦଳରେ ୨୧୦୦ ଟଙ୍କା ଦିଆଯିବ।

## ଭୁବନେଶ୍ୱରରେ ପହଞ୍ଚିଲେ ଆସାମ ମୁଖ୍ୟମନ୍ତ୍ରୀ ହିମନ୍ତ ବିଶ୍ୱଶର୍ମା

ଭୁବନେଶ୍ୱର,୧୨।୧୨(ପି.ଏନ): ଆସାମ ମୁଖ୍ୟମନ୍ତ୍ରୀ ହିମନ୍ତ ବିଶ୍ୱଶର୍ମା ବର୍ତ୍ତମାନ ଭୁବନେଶ୍ୱରରେ ପହଞ୍ଚିଛନ୍ତି। ସେ ଦୁଇ ଦିନିଆ ଗସ୍ତରେ ଓଡିଶା ଆସିଛନ୍ତି। ବ୍ୟାଡମିଣ୍ଟନ ହାଇ ପରଫରମାନ୍ସ ସେଣ୍ଟର ଉଦ୍‌ଘାଟନରେ ସେ ସାମିଲ ହେବେ। କଳିଙ୍ଗ ଷ୍ଟାଡିୟମରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ସହ ଯୋଗ ଦେବେ। ହିମନ୍ତ ବିଶ୍ୱଶର୍ମା ବ୍ୟାଡମିଣ୍ଟନ ଆସୋସିଏସନ ଅଫ୍ ଇଣ୍ଡିଆ ସଭାପତି ଅଛନ୍ତି।



## ଭୁବନେଶ୍ୱର ହେବ ବ୍ୟାଡମିଣ୍ଟନ ହବ୍; ବିଶ୍ୱସ୍ତରୀୟ ଟ୍ରେନିଂ ଏକାଡେମୀ 'ଦ ସଟଲ' ଲୋକାର୍ପିତ

ଭୁବନେଶ୍ୱର,୧୨।୧୨(ପିଏନ):ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମ୍ ପରିସରରେ ଉଦଘାଟିତ ହୋଇଛି ବହୁ ପ୍ରତୀକ୍ଷିତ ଆଇକନିକ୍ ବ୍ୟାଡମିଣ୍ଟନ ହାଇ ପରଫରମାନ୍ସ ସେଣ୍ଟର୍ 'ଦ ସଟଲ୍'। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, ଆସାମ ମୁଖ୍ୟମନ୍ତ୍ରୀ ତଥା ବ୍ୟାଡମିଣ୍ଟନ ଆସୋସିଏସନ୍ ଅଫ ଇଣ୍ଡିଆର ସଭାପତି ହିମନ୍ତ ବିଶ୍ୱଶର୍ମା ଏବଂ ଅନ୍ତର୍ଜାତୀୟ କୋଚ୍ ପୁଲେଲା ଗୋପୀଚାନ୍ଦ ଏହାର ଉଦଘାଟନ କରିଛନ୍ତି।ବିଶ୍ୱସ୍ତରୀୟ ଟ୍ରେନିଂ ଏକାଡେମୀ 'ଦ ସଟଲ'। ବ୍ୟାଡମିଣ୍ଟନ କର୍କ ଆକୃତିର ଏହି ବିରାଟ ଷ୍ଟାଡିୟମରେ ଏବେ ଲାଗିବ ଅନ୍ତର୍ଜାତୀୟସ୍ତରର ଖେଳାଳିଙ୍କ ଗହଳି। ଏଠାରୁ ସୃଷ୍ଟି ହେବେ ବିଶ୍ୱସ୍ତରୀୟ ଅଲିଂପିଆନ୍। ଭୁବନେଶ୍ୱର କଳିଙ୍ଗ



ଷ୍ଟାଡିୟମ୍ ପରିସରରେ ଉଦଘାଟିତ ହୋଇଛି ଆଇକନିକ୍ ଡାଲମିଆ ଭାରତ ଗୋପୀଚାନ୍ଦ ବ୍ୟାଡମିଣ୍ଟନ ହାଇ ପରଫରମାନ୍ସ ସେଣ୍ଟର୍। ସଟଲ ଏବଂ ଏଠାରୁ ସୃଷ୍ଟି ହେଉଥିବା ଖେଳାଳି ଓଡିଶାକୁ ନୂତନ ପରିଚୟ ଦେବେ ଏବଂ ଆଗକୁ ଓଡିଶା ବିଶ୍ୱମଞ୍ଚରେ ପ୍ରତିଷ୍ଠିତ ହେବ ବୋଲି ଆଶା କରିଛନ୍ତି ମୁଖ୍ୟମନ୍ତ୍ରୀ। ପ୍ରଥମ ପର୍ଯ୍ୟାୟରେ ଏହି ହାଇ ପରଫରମାନ୍ସ ସେଣ୍ଟରରେ ୫୦ଜଣ ପ୍ରତିଭାବାନ ଖେଳାଳିଙ୍କୁ ଚିହ୍ନଟ କରାଯାଇ ପ୍ରଶିକ୍ଷଣ ଦିଆଯିବ।

## ଶ୍ରୀମନ୍ଦିରରେ ଓମଫେଡ୍ ଘିଅ ପ୍ରବେଶ ପରଠୁ ଅମୂଲ ମୂଲ ଅବଢ଼ା

ଭୁବନେଶ୍ୱର,୧୨।୧୨(ପିଏନ):ଶ୍ରୀମନ୍ଦିରରେ ଓମଫେଡ୍ ଘିଅ ପ୍ରବେଶ ପରଠୁ ଅମୂଲ ମୂଲ ଅବଢ଼ା। ମହାପ୍ରସାଦ, ଖଜାଠୁ ନେଇ ପିଠା, ସବୁର ଦାମ ପ୍ରାୟ ଦୁଇଗୁଣା ବଢ଼ି ଯାଇଛି। ଯାହାକୁ ନେଇ ଅସନ୍ତୁଷ୍ଟ ଉଭୟ ଭକ୍ତ ଓ ସେବାୟତ। ସବ୍ ?ସିଡି ଦରରେ ଶ୍ରୀମନ୍ଦିରକୁ ଓମ୍ ?ଫେଡ ଘିଅ ଯୋଗାଣ ନେଇ ଦାବି ଉଠୁଥିଲା ବେଳେ ବିକଳ୍ପ ଭାବେ ଶ୍ରୀମନ୍ଦିର ପାଇଁ ସ୍ୱତନ୍ତ୍ର ଗୋଶାଳା କଥା ମଧ୍ୟ ଉଠିଲାଣି।ପୂର୍ବରୁ ଯେଉଁ କୁଡୁଆ ୧୦୦ ଟଙ୍କାରେ ମିଳୁଥିଲା, ତାହା ଏବେ ୨୦୦ ଟଙ୍କା, ୫୦ ଟଙ୍କାରେ



ମିଳୁଥିବା ଡାଲମା କୁଡୁଆ ୧୦୦ରୁ ୧୨୦ ଟଙ୍କା ପଡ଼ିଲାଣି। ଏହାର ଅର୍ଥ ପ୍ରସାଦ ଦର ଡବଲରୁ ଅଧିକ ହେଲାଣି। ବଡ଼ ବଡ଼ିଆଙ୍କ କଥା ଅଲଗା, ସାଧାରଣ ପରିବାରରୁ ୮-୧୦ ଜଣିଆ ସଦସ୍ୟ ଯଦି ଭଲରେ ଟିକେ ଅବଢ଼ା ଖାଇବାକୁ ଇଚ୍ଛା କରନ୍ତି, ଏଥିପାଇଁ ପ୍ରାୟ ଅଢେଇ ହଜାରରୁ ୩ ହଜାର ଟଙ୍କା ପଡିଯାଉଛି। ମହାପ୍ରସାଦ ପରି ଶୁଖିଲି ଭୋଗ ଦର ମଧ୍ୟ ଆକାଶ ଛୁଆଁ ହେଲାଣି। ୫ ଟଙ୍କାର ଖଜା ୧୫ ଟଙ୍କା, ୧୫ ଟଙ୍କାର ପିଠା ୩୦ ଟଙ୍କା ଡେଇଁ ଗଲାଣି।

## ଆଜି ଶ୍ରୀଜିଉଙ୍କ ବନକଲାଗି, ୪ ଘଣ୍ଟା ସାଧାରଣ ଦର୍ଶନ ବନ୍ଦ

ପୁରୀ,୧୨।୧୨(ପି.ଏନ): ମାର୍ଗଶୀର ଶୁକ୍ଳ ଦ୍ୱାଦଶୀ ତିଥିରେ ଶ୍ରୀବିଗ୍ରହମାନଙ୍କ ବନକଲାଗି ନୀତି ଅନୁଷ୍ଠିତ ହେବ । ଦ୍ୱିତୀୟ ଭୋଗମଣ୍ଡପ ଭୋଗ ଶେଷ ପରେ ହେବ ସ୍ୱତନ୍ତ୍ର ନୀତି ହେବ । ବନକ ଲାଗି ବା ଶ୍ରୀମୁଖ ଶୃଙ୍ଗାର ଦ୍ୱାରା ଶ୍ରୀଜିଉଙ୍କ ମୁଖ ମଣ୍ତଳ ଅଧିକ ସୁନ୍ଦର ଓ ଆକର୍ଷଣୀୟ ଦେଖାଯାଇଥାଏ । ଗୁପ୍ତ ନୀତି ପାଇଁ ୪ ଘଣ୍ଟା ପର୍ଯ୍ୟନ୍ତ ଶ୍ରୀଜିଉଙ୍କ ସାଧାରଣ ଦର୍ଶନ ୪ ଘଣ୍ଟା ପାଇଁ ବନ୍ଦ ରହିବ । ଆଜି ସନ୍ଧ୍ୟା ୬ଟାରୁ ରାତି ୧୦ ଯାଏଁ ବନ୍ଦ ରହିବ ଦର୍ଶନ । ମଧ୍ୟାହ୍ନ ଧୂପ ପରେ ଦଇତମହାପାତ୍ର ସେବକ ବନକଲାଗି କରିବେ । ଏନେଇ ଶ୍ରୀଜଗନ୍ନାଥ ମନ୍ଦିର ପ୍ରଶାସନ ପକ୍ଷରୁ ସୂଚନା ଦିଆଯାଇଛି ।କୌଣସି ଆଭୂଷଣ ନଥାଇ ମହାପ୍ରଭୁଙ୍କ ମୁଖମଣ୍ଡଳ ଭକ୍ତଙ୍କୁ ଆକର୍ଷିତ କରେ । ଏହି ଆକର୍ଷଣର କାରଣ ମୁହଁର ରଙ୍ଗବିନ୍ୟାସ । ଏହି ରଙ୍ଗବିନ୍ୟାସ ବା ବନକଲାଗି ନୀତି ପାଇଁ ଏକ ସ୍ୱତନ୍ତ୍ର ସେବାୟତ ଗୋଷ୍ଠୀ ଅଛନ୍ତି । ଏମାନଙ୍କୁ ଦତ୍ତ ମହାପାତ୍ର କୁହାଯାଏ । ଏମାନଙ୍କ କାମ ହେଲା ରଙ୍ଗପ୍ରସ୍ତୁତ କରିବା ଓ ବିଗ୍ରହରେ ଲଗାଇବା । ରଙ୍ଗ ସହିତ କସ୍ତୁରୀ ଓ କେଶର ଭଳି ଦାମୀ ସୁବାସିତ ପଦାର୍ଥ ବ୍ୟବହୃତ ହେଉଥିବାରୁ, ବିଧିମତେ ଥରେ ବନକଲାଗି ପାଇଁ ୭ହଜାରରୁ ଅଧିକ ଟଙ୍କା ଖର୍ଚ୍ଚ ହୁଏ । ବଜାରରେ ମିଳୁଥିବା ରଙ୍ଗ ବନକଲାଗିରେ ବ୍ୟବହାର ହୁଏ ନାହିଁ । ମହାପ୍ରଭୁଙ୍କ ଲାଗି ଉଦ୍ଦିଷ୍ଟ ରଙ୍ଗଗୁଡିକ ପ୍ରସ୍ତୁତ ପାଇଁ ଭିତର ବେଢାର ଉତ୍ତର ପଟେ ଗୋଟିଏ କୋଠରୀ ରହିଛି । ଏହାକୁ ବନକଲାଗି ଘର କୁହାଯାଏ । ଶଙ୍ଖକୁ ଚୂର୍ଣ୍ଣ କରି ଧଳାରଙ୍ଗ, ହରିତାଳରୁ ହଳଦିଆ ଓ ହିଙ୍ଗୁଳରୁ କଳା ପ୍ରସ୍ତୁତ ହୁଏ । ଏସବୁ ରଙ୍ଗରେ କର୍ପୂର ଓ କସ୍ତୁରୀ ମିଶେ । କସ୍ତୁରୀ ଯୋଗୁଁ ମହାପ୍ରଭୁଙ୍କ ମୁଖମଣ୍ଡଳ ଉଜ୍ଜଳ ଓ ମସୃଣ ରହେ । ରତ୍ନସିଂହାସନ ଆଗରେ ଯେଉଁ ଭୋଗ ବଢାହୁଏ ତା'ର ଗରମବାଷ୍ପ ଯୋଗୁଁ ମୁଖମଣ୍ଡଳର ଉଜ୍ଜଳତା କମିଯାଏ । କସ୍ତୁରୀ ବ୍ୟବହାର ଯୋଗୁଁ ରଙ୍ଗ ଦୀର୍ଘସ୍ଥାୟୀ ହୁଏ ।








# ଟି ଟାଇମ୍

## ଦେବୀ ରାଧାଙ୍କ ଜନ୍ମ ରହସ୍ୟ

ବ୍ରହ୍ମବୈବର୍ତ୍ତ ପୁରାଣରେ ଦେବୀ ରାଧାଙ୍କ ଜନ୍ମ ରହସ୍ୟ କଥା ଉଲ୍ଲେଖ କରାଯାଇଛି । ଦେବୀ ରାଧା ଭଗବାନ୍ ଶ୍ରୀକୃଷ୍ଣଙ୍କ ସହ ଗୋଲକରେ ନିବାସ କରୁଥାନ୍ତି । ଥରେ ଗୋଲକରେ ଦେବୀ ସୀତା ନଥିଲେ । ଶ୍ରୀକୃଷ୍ଣ ବିରଜା ନାମକ ପତ୍ନୀଙ୍କ ସହ ବିବାହ କରୁଥିଲେ । କୃଷ୍ଣ ଓ ବିରଜାଙ୍କ ବିବାହର କଥା ରାଧାଙ୍କୁ ସୂଚନା ମିଳିବା ମାତ୍ରେ ସେ ଗୋଲକକୁ ଆସିଲେ । ସେ କୃଷ୍ଣ ଓ ବିରଜାଙ୍କୁ ଦେଖି ରାଗିଯାଇ ଶ୍ରୀକୃଷ୍ଣଙ୍କୁ ଅନେକ କଥା ଶୁଣାଇଲେ । ଯାହାଫଳରେ ଶ୍ରୀକୃଷ୍ଣଙ୍କ ମିତ୍ର ସୁଦାମାଙ୍କୁ କ୍ରୋଧ ଆସିଲା । ସେ କ୍ରୋଧିତ ହୋଇ ଦେବୀ ରାଧାଙ୍କୁ ଅପମାନ କଲେ । ଯାହାଫଳରେ ଦେବୀ ରାଧା ଓ ସୁଦାମା ପରସ୍ପରକୁ ଅଭିଶାପ ଦେଲେ । ସୁଦାମାଙ୍କ ଅଭିଶାପ କଥା ରାଧା ଶ୍ରୀକୃଷ୍ଣଙ୍କୁ କହିଥିଲେ । ଶ୍ରୀକୃଷ୍ଣ ଦେବୀ ରାଧାଙ୍କୁ କହିଥିଲେ ଯେ ପୃଥିବୀରେ ତୁମେ ଗୋକୁଳରେ ଦେବୀ କୀର୍ତ୍ତି ଏବଂ ବୃଷଭାନୁଙ୍କ କନ୍ୟାରୂପେ ଜନ୍ମଗ୍ରହଣ କରିବ। ସେଠାରେ ତୁମର ବିବାହ ରାୟାଣ ନାମକ ଏକ ବୈଶ୍ୟ ସହ ହେବ ଏବଂ ସାଂସାରିକ ଭାବେ ତୁମେ ରାୟାଣଙ୍କ ପତ୍ନୀ ବୋଲି କୁହାଯିବ । ରାୟାଣ ହେଉଛି ମୋର ଏକ ଅଂଶ । ରାଧା ରୂପରେ ତୁମର ମୋର ପ୍ରିୟା ହୋଇ ରହିବ ଏବଂ କିଛି ସମୟ ପାଇଁ ଆମ ମଧ୍ୟରେ ବିଚ୍ଛେଦ ହେବ। ସୁଦାମାଙ୍କ ଅଭିଶାପରେ ଗୋକୁଳରେ ଦେବୀ ରାଧା କୀର୍ତ୍ତି ଏବଂ ବୃଷଭାନୁଙ୍କୁ କନ୍ୟା ରୂପରେ ଜନ୍ମଗ୍ରହଣ କଲେ ।

# ଭାଇଜାନ୍‌ଙ୍କ ଚମକ



୫୧ ବର୍ଷରେ ପାଦ ଦେଇଛନ୍ତି ଦବଙ୍ଗ ଷ୍ଟାର୍ ସଲମନ୍ ଖାଁ। କନ୍ତୁ ସଲ୍ଲୁଙ୍କ କ୍ରେଜ୍ ଏବେବି କମିନି। ବୟସ ୫୧ ଛୁଇଁଲେ ବି ତାଙ୍କର ପ୍ରତିଟି ନୂଆ ଫିଲ୍ମ ଦର୍ଶକଙ୍କୁ ଦେଇଛି ନୂଆ ଟେଷ୍ଟ ଆଉ ବକ୍ସ ଅଫିସରେ କରିଛି ନୂଆ ରେକର୍ଡ। ବୟସ ସହିତ ତାଳଦେଇ ବଢ଼ିଚାଲିଛି ଦବଙ୍ଗ୍ ଷ୍ଟାରଙ୍କ କ୍ରେଜ୍। ‘ବିବି ହୋ ୟୌସି’ରୁ କ୍ୟାରିଅର୍ ଆରମ୍ଭ କରିଥିବା ସଲ୍ଲୀ ମିଆଁ ବଲିଉଡିରେ ୨୫ରୁ ଅଧିକ ବର୍ଷ ବିତାଇ ସାରିଲେଣି। ଫ୍ଲପ୍ ହିଟର ଏକ୍ସପେରିମେଣ୍ଟ କରୁକରୁ ସଲମାନ୍ ବନି ଯାଇଛନ୍ତି ବଲିଉଡର ବ୍ୟାଙ୍କବେଲ୍ ଷ୍ଟାର। ଯାହାଙ୍କୁ ନେଇ ପ୍ରଡ୍ୟୁସର କେବେ ବି ଆଶଙ୍କା ସୃଷ୍ଟି କରନ୍ତି ନାହିଁ। କାରଣ ଲଗାତର୍ ସେ ଦେଇଚାଲିଛନ୍ତି ଗୋଟିଏ ପରେ ଗୋଟିଏ ବ୍ଲକ ବ୍ଲଷ୍ଟର ହିଟ୍। ଛୋଟ ପରଦାରେ ତାଙ୍କ ହୋଷ୍ଟିଂ ମଧ୍ୟ ଖୁବ୍ ହିଟ୍ ହୋଇଛି। ଚଳିତ ବର୍ଷ ଫ୍ୟାନଙ୍କୁ ‘ବଜରଙ୍ଗୀ ଭାଇଜାନ୍’ ଓ ‘ପ୍ରେମରତନ ଧନ ପାୟୋ’ ଭଳି ଦୁଇଟି ସୁପରହିଟ୍ ଫିଲ୍ମ ଭେଟି ଦେଇଛନ୍ତି ସଲମାନ୍। ଆସନ୍ତା ବର୍ଷ ରିଲିଜ୍ ହେବାକୁ ଥିବା ସୁଲତାନ କେବେ ପରଦାକୁ ଆସୁଛି ତାହାକୁ ହିଁ ଅପେକ୍ଷା।

# ଗୋରୁଙ୍କ ଫାଟୁଆ ରୋଗ ଚିକିତ୍ସା

ଦେଶର ବିଭିନ୍ନ ସ୍ଥାନରେ ଗୋରୁଗାଈଙ୍କୁ ନୃଶଂସ ଭାବେ ହତ୍ୟା କରାଯାଉଥିବା ବେଳେ ଏହାକୁ ନେଇ ବୁଦ୍ଧିଜୀବୀ ମହଲରେ ଉଦ୍‌ବେଗ ଓ ପ୍ରତିବାଦର ସ୍ୱର ଉତ୍ତୋଳିତ ହୋଇଛି । ଏଭଳି ପରିସ୍ଥିତିରେ ଦୁଇ ବିଦେଶୀ ନାଗରିକ କଷ୍ଟ ଲାଘବ ଗୋରୁଗାଈଙ୍କ ପାଇଁ ଜୋତା ତିଆରି କରବା ବାସ୍ତବରେ ଏକ ସ୍ୱାଗତଯୋଗ୍ୟ ପଦକ୍ଷେପ । ଘଟଣାଟି ହେଉଛି ଦୁଇ ବ୍ରିଟିଶ ଇନ୍‌ଭେଷ୍ଟର ନିଜ ବ୍ୟବସାୟକୁ ବିଶ୍ୱସ୍ତରରେ ପ୍ରସାର କରିବା ଉଦ୍ଦେଶ୍ୟରେ ଗୋରୁଗାଈଙ୍କ



ପାଇଁ ଜୋତା ତିଆରି କରୁଛନ୍ତ । ଯାହାଫଳରେ ଗୋରୁଗାଈଙ୍କୁ ଖୋରାଜନିତ ଯନ୍ତ୍ରଣାରୁ ଉପସମ ମିଳିବ । ୪୦ ବର୍ଷୀୟ ରୋବର୍ଟ ଟାଡ଼ ଓ ୪୩ ବର୍ଷୀୟ ମାଇକ ବ୍ରିମ୍ବଲ ମିଳିତଭାବେ ଏହି ଜୋତା ପ୍ରସ୍ତୁତ କରୁଛନ୍ତି । ଏହି ଜୋତାକୁ ୪୨ଟି ଦେଶରେ ବିକ୍ରି ପାଇଁ ଛଡ଼ାଯାଇଛି । ଏହି ଦେଶମାନଙ୍କ ମଧ୍ୟରେ ଅଷ୍ଟ୍ରେଲିଆ, କାନାଡ଼ା ଓ ୟୁଏସ୍ଏ ସାମିଲ ରହିଛି । ପ୍ରୋଜେକ୍ଟ ମ୍ୟାନେଜର ମାଇକ୍ କହନ୍ତି, ତାଙ୍କର ଏହି ନିଆରା ଉଦ୍ୟମକୁ କେତେକ ଦେଶରେ ବେଶ୍ ପ୍ରଶଂସା କରାଯାଇଛି । ବିଶେଷକରି ୟୁରୋପର ଏକ ପ୍ରାଣୀ ଚିକିତ୍ସାଳୟରୁ ମାଇକଙ୍କ ପାଖକୁ ଶୁଭେଚ୍ଛା ବାର୍ତ୍ତା ମଧ୍ୟ ଆସିଛି । ଆଉ କିଛି ବ୍ୟକ୍ତି ଏହି ଜୋତା ବ୍ୟବସାୟ ପାଇଁ ଆଗ୍ରହ ପ୍ରକାଶ କରି ଲାଇସେନ୍ସ ବାହାର କରିବାରେ ଲାଗିପଡ଼ିଛନ୍ତି । ମାଇକ ପେସାରେ ଜଣେ କୃଷକ । କୃଷିକ୍ଷେତ୍ରରେ କାମକରୁଥିବା ସମୟରେ ହଳକରୁଥିବା ଦୁଇ ବଳଦଙ୍କ ଖୋରାରୁ ରକ୍ତ ବାହାରୁଥିବା ଦେଖି ମାଇକ୍ ସେମାନଙ୍କ ପାଇଁ ଜୋତା ତିଆରି କରିବାର ପରିକଳ୍ପନା କରିଥିଲେ ଯାହାକୁ ସେ ଆଜି ବାସ୍ତବ ରୂପ ଦେଇଛନ୍ତି।

## ପୁରାଣ କାହାଣୀ

# ବିଶ୍ୱ ନିର୍ମାଣର ସ୍ରଷ୍ଟା ‘ବିଶ୍ୱକର୍ମା’

ଦେବ ଶିଳ୍ପୀ ବିଶ୍ୱକର୍ମା ଏ ବିଶ୍ୱର ସମସ୍ତ ନିର୍ମାଣ କାର୍ଯ୍ୟର ସ୍ରଷ୍ଟା । ସେ ବ୍ରହ୍ମାଙ୍କ ନାଭି ମଣ୍ଡଳରୁ ଜାତ ବୋଲି ଧର୍ମ ଶାସ୍ତ୍ରମାନଙ୍କରେ ଉଲ୍ଲେଖ ରହିଛି । ସେ କନ୍ୟା ସଂକ୍ରାନ୍ତି ଦିନ ମର୍ତ୍ତ୍ୟ ଲୋକରେ ଆବିର୍ଭୂତ ହୋଇଥିବାରୁ ସେହିଦିନ ମର୍ତ୍ତ୍ୟଲୋକର ସମସ୍ତ ଶିଳ୍ପୀକୂଳ ତାଙ୍କରି ପୂଜା ଏବଂ ଆରାଧନା କରି ଥାଆନ୍ତି ।

ବିଶ୍ୱକର୍ମା ବିଶ୍ୱର ବିନ୍ଧାଣୀ । ସେ ବୈକୁଣ୍ଠବାସୀ ଓ ସର୍ବଗୁଣ ସମ୍ପନ୍ନ । ସର୍ବଶକ୍ତିମାନ, ସର୍ବନିୟନ୍ତା, ବାୟରୂପେ ସର୍ବବିଦ୍ୟମାନ, ବାସ୍ତୁବିଦ୍ୟାର ଦେବତା ଏବଂ ନିର୍ମାଣ କାର୍ଯ୍ୟର ଦଣ୍ଡଧାରୀ ଦେବତା ।



ବ୍ରହ୍ମବୈବର୍ତ୍ତ ପୁରାଣରେ ବ୍ରହ୍ମାଙ୍କ ନାଭିରୁ ଜାତ, ପୁରାଣରେ ସେ ଦେବ ଶିଳ୍ପୀ । ଏମିତି ଭିନ୍ନ ଭିନ୍ନ ନାମରେ ସେ ପରିଚିତ । ତାଙ୍କରି ହାତ ସ୍ପର୍ଶରେ କୁବେରଙ୍କର ଅଳକାପୁର, ଦ୍ୱାରକା ନଗର, ସ୍ୱର୍ଣ୍ଣଲଙ୍କା, କୃଷ୍ଣ ନିବାସ, ସେତୁ ବନ୍ଧ ନିର୍ମାଣ, ଇନ୍ଦ୍ରଭୁବନ, ଗୋଲକଧାମ, ସୁଦାମା ପୁରୀ, ମହାଲକ୍ଷ୍ମୀଙ୍କ ସମୁଦ୍ରକୂଳସ୍ଥ ମର୍ତ୍ତ୍ୟ ବୈକୁଣ୍ଠ, କଳାକାରଖାନା, ମଠ ମନ୍ଦିର, ମସଜିଦ, ଗାଡିମଟର, ଉହାଜାହାଜ, ଛପାଖାନା, ରେଳ ଗାଡି, ଟିଭି, ରେଡିଓ, କମ୍ପ୍ୟୁଟର ଆଦି ।ଆମ ଚାରିପଟେ ଦେଖୁଥିବା ତିନିପୁରର ସମସ୍ତ ନିର୍ମାଣ ମଣିଷ କିଛି କରେ ନାହିଁ । ମଣିଷ ଦେହରେ ବିଜେ ହୋଇ ସେ ହିଁ ସବୁ କରି ଥାଆନ୍ତି । ଅନେକଙ୍କ ମତରେ କୃଷି ଓ ବୃଷ୍ଟିର ଦେବତା ହେଉଛନ୍ତି ବିଶ୍ୱକର୍ମା । ବିଶ୍ୱକର୍ମା ଉଭୟ ବୈଦିକ ଓ ପୌରାଣିକ ଦେବତା । ଆଧୁନିକ ରୂପରେ ସେ ରୂପରେ ଗୌର । ହସ୍ତରେ ବିଭିନ୍ନ ମାନଦଣ୍ଡ, ଚାରି ଭୂଜା ବାମ ଉପର ହସ୍ତରେ ବଟାଳି, ନିମ୍ନହସ୍ତରେ ମାର୍ତ୍ତୁଲ ବା ନିକିତି, ଦକ୍ଷିଣ ଉର ହସ୍ତରେ ଚକ୍ର ଧାରଣ କରି ପୂଜା ପାଉଛନ୍ତି । ଶ୍ୱେତ ବସ୍ତ୍ର ପରିଧାନ କରିବା ସହ କାନ୍ଧରେ ପଇତା ପକାଇ ଭକ୍ତଙ୍କୁ ଦର୍ଶନ ଦିଅନ୍ତି । ତେଣୁ ବିଭିନ୍ନ ଶିଳ୍ପ ସଂସ୍ଥାରେ ଏହି ବିଶ୍ୱକର୍ମାଙ୍କ ପୂଜା ଧୂମଧାମରେ ପାଳନ କରାଯାଏ ।

# ବିଲେଇ ଶାଳା

ଯଦି ଏହି ପୃଥିବୀରେ ବିଲେଇମାନଙ୍କ ପାଇଁ କେଉଁଠି ସ୍ୱର୍ଗଥାଏ ତେବେ ତାହା ହେଉଛି କାଲିଫର୍ଣ୍ଣିଆ। ଦି କ୍ୟାଟ୍ ହାଉସ୍ ଅନ୍ ଦି କିଙ୍ଗସ୍ ନାମରେ ପ୍ରସିଦ୍ଧ ଏକ ଘରେ ବର୍ତ୍ତମାନ ୭୦୦ ବିଲେଇ ବାସ କରନ୍ତି। ବିଲେଇମାନଙ୍କ ରହିବା ପାଇଁ ସେଠାରେ ୯ଟି ଭିନ୍ନ ଭିନ୍ନ ସ୍ଥାନ ତିଆରି କରାଯାଇଛି। ଏହାକୁ ବିଶ୍ୱର ସବୁଠାରୁ ବଡ ବିଲେଇ ଅଭ୍ୟାରଣ୍ୟ ବୋଲି କୁହାଯାଏ। ଏହି ଘରର ନିର୍ମାଣ ୧୯୯୨ରେ କରାଯାଇଥିଲା, ସେହିଦିନଠାରୁ ବର୍ତ୍ତମାନ ପର୍ଯ୍ୟନ୍ତ ପ୍ରାୟ ୨୪ ହଜାର ବିଲେଇଙ୍କୁ



ଏଠାରେ ପୋଷା ଯାଇସାରିଲାଣି। ଏହି ବିଲେଇ ଘରର ନିର୍ମାଣ ଲିନିୟା ଲତାଞ୍ଜିୟୋ କରିଥିଲେ। ଲିନିୟା କୁହନ୍ତି, ମୁଁ ଚାହୁଁନି ଯେ, କୌଣସି ବିଲେଇ ପିଞ୍ଜରାରେ କଏଦ୍ ହୋଇ ରୁହନ୍ତୁ। ସେମାନଙ୍କୁ ଖୁବ୍ ଜୋର୍‌ରେ ଦୌଡିବା ଏବଂ ଗଛ ଉପରେ ଚଢ଼ିବା ଅଧିକାର ଅଛି। ଏହି କାରଣ ଯୋଗୁଁ ମୁଁ ଏହି ଅଭ୍ୟାରଣ୍ୟର ନିର୍ମାଣ କରିଥିଲି। ସେ କୁହନ୍ତି ମୁଁ ପ୍ରତିଦିନ ଏଭଳି ବିଲେଇଙ୍କୁ ଖୋଜେ, ଯାହାକୁ ଲୋକେ ଛାଡି ଦେଇଥାଆନ୍ତି। ସେମାନଙ୍କୁ ମୁଁ ମୋର ଏହି ଘରକୁ ଆଣେ। ଏହି ବିଲେଇ ଅଭ୍ୟାରଣ୍ୟର ଫଟୋକୁ ଫଟୋଗ୍ରାଫର କ୍ରିଷ୍ଟିନା ଗେଣ୍ଡଲ୍ମୋ ଉଠାଇଛନ୍ତି, ଯିଏକି ଲାସ୍ ଏଞ୍ଜୋଲିସ୍‌ରେ ବାସ କରନ୍ତି। ସେ କୁହନ୍ତି, ମୁଁ ଏହି ଫଟୋ ଜରିଆରେ ଲିନିୟା ଏବଂ ତାଙ୍କ ଦଳର ସଦସ୍ୟ କିଭଳି ପରିଶ୍ରମ କରୁଛନ୍ତି ତାହା ଜଣାଇବା ପାଇଁ ଚେଷ୍ଟା କରିଛି।

## ଫଟୋସପ୍‌ର କମାଲ୍

ଥିଓଡର। ତା’ବୟସ ମାତ୍ର ୧୦ ମାସ। ଏତେ କମ୍ ବୟସରେ ସେ ଚିତା ବାଘ ଉପରେ ବସି ମସ୍ତି କରେ ତ ଆଉ କେତେ ବେଳେ ହାତୀର ଶୁଣ୍ଢ ସହ ଖେଳେ। କେତେବେଳେ ଭାଲୁ ସହ ଶୋଇଯାଏ ତ ଆଉ କେତେବେଳେ ସିଲ୍ ମାଛ ସହ ତାଳରେ ତାଳ ମିଶାଇ ଗୀତ ଗାଏ। ଆପଣମାନେ ଭାବୁଥିବେ ଏତେ କମ୍ ବୟସ୍କ ଛୁଆଟି ଏଭଳି ଭୟାନକ ପଶୁଙ୍କ ସହ କିଳଭି ଖେଳିପାରେ। ପ୍ରକୃତରେ ଏହା ହେଉଛି ଫଟୋସପ୍‌ର କମାଲ୍। ଅଷ୍ଟ୍ରିୟାରେ ବାସ କରୁଥିବା ଡେନିଏଲା ବେବିକ୍ ନିଜ ଫଟୋଗ୍ରାଫିର ସଉକ୍‌କୁ ପୂରଣ କରିବା ପାଇଁ ଏକ୍ସପେରିମେଣ୍ଟ କରୁକରୁ ଏଭଳି ଫଟୋ ପ୍ରସ୍ତୁତ କରିଛନ୍ତି, ଯାହାକୁ ଦେଖି ଲୋକେ ଚକିତ ହୋଇଯିବେ। ସୂଚନା ଯୋଗ୍ୟ ଯେ, ଡେନିଏଲ୍‌ଙ୍କୁ ଫଟୋଗ୍ରାଫି ଏବଂ ଫଟୋସପ୍‌ରେ କାମ କରିବା ଦ୍ୱାରା ଆନନ୍ଦ ମିଳେ। ସେ ସର୍ବଦା କିଛି ନୂଆ କରିବାରେ ବିଶ୍ୱାସ କରନ୍ତି।

## ଦି ଇଣ୍ଟରଭ୍ୟୁ ଟାଇମ୍ସର ୮ମ ବାର୍ଷିକ ଉତ୍ସବ ପାଳିତ

ଭୁବନେଶ୍ୱର : ରାଜ୍ୟର ଅଗ୍ରଣୀ ମାସିକ ପତ୍ରିକା “ଦି ଇଣ୍ଟରଭ୍ୟୁ ଟାଇମ୍ସ”ର ୮ମ ବାର୍ଷିକ ଉତ୍ସବ ହୋଟେଲ୍ ସ୍ୱସ୍ତି ପ୍ରିମିୟମ୍, ଭୁବନେଶ୍ୱରଠାରେ ଅନୁଷ୍ଠିତ ହୋଇଯାଇଅଛି । “ଦି ଇଣ୍ଟରଭ୍ୟୁ ଟାଇମ୍ସ”ର ସମ୍ପାଦକ ଦିବ୍ୟଜିତ୍ ସାହୁଙ୍କ ସଭାପତିତ୍ୱରେ ଏହି କାର୍ଯ୍ୟକ୍ରମକୁ ରଣେନ୍ଦ୍ର ପ୍ରତାପ ସ୍ୱାଇଁ (ଖାଦ୍ୟ ଯୋଗାଣ ମନ୍ତ୍ରୀ), ଡଃ ଅରୁଣ କୁମାର ସାହୁ (କୃଷି ମନ୍ତ୍ରୀ) ଉଦ୍‌ଘାଟନ କରିଥିଲେ । ମୁଖ୍ୟଅତିଥି ଭାବେ ଜଷ୍ଟିସ୍ ମଦନ ମୋହନ ଦାସ (ବିଚାରପତି), ଶ୍ରୀଯୁକ୍ତ ତାରାରଂଜନ ପଟ୍ଟନାୟକ (ପ୍ରତିଷ୍ଠାତା-ଫାଲ୍‌କନ୍ ମେରାଇନ୍) ଏବଂ ରାକେଶ ମୋହନ (ବେଦାନ୍ତ ଲିମିଟେଡ୍) ଯୋଗ ଦେଇଥିଲେ । ଏହି ଅବସରରେ ଅତିଥିମାନେ “ଦି ଇଣ୍ଟରଭ୍ୟୁ ଟାଇମ୍ସ”ର ପ୍ରୟାସକୁ ସାଧୁବାଦ୍ ଜଣାଇବା ସହ ସଫଳତା କାମନା କରିଥିଲେ । ମଞ୍ଚସଭା ପରେ ପରେ ବିଭିନ୍ନ କ୍ଷେତ୍ରରେ ପାରଦର୍ଶିତା ଲାଭ କରିଥିବା ୨୦ଜଣ ବିଶିଷ୍ଟ ବ୍ୟକ୍ତିଙ୍କୁ “ଦି ଇଣ୍ଟରଭ୍ୟୁ ଟାଇମ୍ସ” ପରିବାର ତରଫରୁ ସମ୍ମାନଜନକ “ଶ୍ରେଷ୍ଠ-୨୦ ଓଡ଼ିଶାର ପ୍ରେରଣାଦାୟୀ ବ୍ୟକ୍ତି” ଭାବେ ସମ୍ବର୍ଦ୍ଧିତ କରାଯାଇଥିଲା । ଏହି କାର୍ଯ୍ୟକ୍ରମରେ “ଦି ଇଣ୍ଟରଭ୍ୟୁ ଟାଇମ୍ସ”ର ସ୍ୱତନ୍ତ୍ର ସଂଖ୍ୟା “ଭିଜନ୍ ଅଫ୍ ଓଡ଼ିଶା-୨୦୧୯” ଉନ୍ମୋଚିତ ହୋଇଥିଲା । ଏହି କାର୍ଯ୍ୟକ୍ରମରେ “ଦି ଇଣ୍ଟରଭ୍ୟୁ ଟାଇମ୍ସ”ର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ଦିଲୀପ କୁମାର ମହାନ୍ତି ଏବଂ ଉପଦେଷ୍ଟା ସୁଚିସ୍ମିତା ପୃଷ୍ଟି ଉପସ୍ଥିତ ଥିଲେ । ପରିଶେଷରେ ସହ-ସମ୍ପାଦକ ଶୁଭୋଜିତ୍ ପଣ୍ଡା ଧନ୍ୟବାଦ ଅର୍ପଣ କରିଥିଲେ ।

# ଏବେ ଇ-ଟୁଥବ୍ରସ୍

ଲୋକମାନଙ୍କର ବଞ୍ଚିବା ଷ୍ଟାଇଲ ଯଦି ସ୍ମାର୍ଟ, ସେମାନେ ବ୍ୟବହାର କରୁଥିବା ନିତ୍ୟ ବ୍ୟବହାର୍ଯ୍ୟ ସାମଗ୍ରୀ ଯେପରି ମୋବାଇଲ, କମ୍ପ୍ୟୁଟର ଆଦି ସ୍ମାର୍ଟ ତେବେ ଏଥିରୁ ଟୁଥବ୍ରସ୍ ବା କାହିଁକି ବାଦ ପଡ଼ିବ। ଟୁଥବ୍ରସ୍‌ର କେତେକ କମ୍ପାନୀ ଏବେ ଇ-ଟୁଥବ୍ରସ୍ ବନାଇବାକୁ ଯୋଜନା କରୁଛନ୍ତି। ଏହି ଇ-



ଟୁଥବ୍ରସ୍ ଆପଣଙ୍କ ଦାନ୍ତକୁ ସଫା କରିବା ସହିତ ନୋଟ୍ କରିଥାଏ କି ଆପଣଙ୍କର ଦାନ୍ତ କେତେ ସଫାସୁତୁରା ଅଛି। ସେହି ଡାଟାକୁ ଏକ ଖାସ୍ ଆପ ସାହାଯ୍ୟରେ ଆପଣଙ୍କର ସ୍ମାର୍ଟ ଫୋନ୍ ଓ ଆଇଫୋନ୍‌କୁ ପଠାଇଥାଏ। ଏହି ଆପ ସାହାଯ୍ୟରେ ଆପଣ ଜାଣି ପାରିବେ ଯେ ଆପଣଙ୍କର ବ୍ରସ୍ କରିବା ଷ୍ଟାଇଲରେ ଦାନ୍ତ ଠିକ୍ ଭାବେ ସଫା ହେଉଛି ନା ନାହିଁ ଓ ବ୍ରସ୍ କରିବା ଫଳରେ ଆପନଙ୍କ ଦାନ୍ତ ମାଢ଼ି ର କୌଣସି କ୍ଷତି ହେଉନାହିଁ ତ। ପ୍ରତିଦିନର ବ୍ରସ୍ କରିବା ପରେ ସେହି ବ୍ରସ୍ ଦାନ୍ତର ସୁସ୍ଥତା ଓ ଦାନ୍ତ ସଫା ହୋଇଛି ନା ନାହିଁ ନିୟମିତ ସୁଚନା ଦେଇଥାଏ। ଏହା ବ୍ୟତୀତ ଏହି ସ୍ମାର୍ଟ ଟୁଥବ୍ରସ୍ ଦାନ୍ତକୁ ସଠିକ୍ ଭାବେ ସଫା କରିବାର ପ୍ରକ୍ରିୟା ମଧ୍ୟ ବତାଇଦେବ।

# ଫିନାଇଲ ବ୍ୟବହାର କରୁଛନ୍ତି କି ?

ଫିନାଇଲିରେ ଏମିତି କିଛି ବିଷାକ୍ତ ପଦାର୍ଥ ମିଶିଛି ଯାହା ଆମ ଶରୀରରେ ସ୍ଲୋପଜଏଜ ଭଳି କାମ କରିଥାଏ। ବହୁ ଅଧ୍ୟୟନରୁ ଜଣାପଡିଛି ଯେ, ସଫା କରିବା ପାଇଁ ବ୍ୟବହୃତ ହେଉଥିବା ଫିନରାଇଲରେ ବହୁତ କ୍ଷତିକାର ତତ୍ତ୍ୱ ମିଶିକରି ରହିଥାଏ। ଫିନାଇଲିରେ ରହିଥାଏ ଶକ୍ତିଶାଳୀ ଫିନେଲ, ଯାହା ରୋଗାଣୁରୋଧକ ଏବଂ କୀଟାଣୁନାଶକ କାମ କରିଥାଏ। ଯେତେବେଳେ ଏହାକୁ ଲାଟିନ୍ କିମ୍ବା ବାଥରୁମ୍ ସଫାକରିବା ପାଇଁ ବ୍ୟବହାର କରାଯାଏ ତ ଏଥିରେ ଥିବା କେମିକାଲ ବହୁତ ସମୟ ଧରି ନିଶ୍ୱାସ ପ୍ରଶ୍ୱାସରେ ନେଲେ ବହୁ ଗୁରୁତ୍ୱପୂର୍ଣ୍ଣ ଅଙ୍ଗ ଯଥା ପେଟ, ଅନ୍ତ, ଲିଭର, କିଡନୀ ଏବଂ ହାର୍ଟକୁ କ୍ଷତି ପହଞ୍ଚାଇଥାଏ। ବେଳେ ବେଳେ ଏହାର ପରିମାଣ ଖୁବ ଭୟଙ୍କର ହୋଇଥାଏ। ସମୟ ପୂର୍ବରୁ ଯଦି ଏହାର ଚିକିତ୍ସା ନକରାଯାଏ ତ ସ୍ଥିତି ଗମ୍ଭୀର ହୋଇପାରେ। ଫିନାଇଲ ଆଖି ଏବଂ ତ୍ୱଚା ସଂସ୍ପର୍ଶରେ ଆସିଲେ ଜଳାପୋଡା ହେବା ସହ ଏହାର ଅଧିକ ବ୍ୟବହାର ଦୃଷ୍ଟିଶକ୍ତି ଚାଲିଯବାର ବହୁ ସମ୍ଭାବନା ରହିଛି। ଠିକ୍ ସେହିଭଳି ଏହା ନିଶ୍ୱାସ




ମାଧ୍ୟମରେ ଭିତରକୁ ଚାଲିଯାଏ ତ ନାକ, ଗଳା ଏବଂ ଫୁସ୍‌ଫୁସ୍‌ର ଭିତର ଅଂଶ ଜଳାପୋଡା ହୋଇପାରେ। ଫିନାଇଲକୁ ନେଇ ଆମର ମସ୍ତିଷ୍କ ଖୁବ୍ ସମ୍ବେଦନଶୀଳ। ଫିନାଇଲ୍ ଦ୍ୱାରା ହୃଦଘାତ ଏବଂ କୋମାକୁ ଚାଲିଯିବାର ସମ୍ଭାବନା ରହିଛି।

## ଆଜିର ଭାଗ୍ୟ

**ମେଷ** — ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟର ସମାଧାନ ହେବ। ଶତ୍ରୁ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ।

**ବୃଷ** — ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ୍ୟ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି।

**ମିଥୁନ** — ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ୍ୟ ଲାଭରୁ ଖୁସି ହେବେ।

**କର୍କଟ** — ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ।

**ସିଂହ** — ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ସାମ୍ପତ୍ୟ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ୍ୟ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ।

**କନ୍ୟା** — ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ୍ୟ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ।

**ତୁଳା** — ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ।

**ବିଛା** — ଚୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ।

**ଧନୁ** — ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ୍ୟ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ।

**ମକର** — କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ।

**କୁମ୍ଭ** — ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ।

**ମୀନ** — ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଳିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ।




# କୋଣାର୍କ ଉତ୍ସବର ଏକ ଆଲୋକପାତ

ବିଶ୍ୱ ଐତିହ୍ୟ ମାନ୍ୟତା ପ୍ରାପ୍ତ ଅର୍କକ୍ଷେତ୍ର କୋଣାର୍କର ସୂର୍ଯ୍ୟମନ୍ଦିର ଉତ୍କଳୀୟ କଳା, ସ୍ଥାପତ୍ୟ ଓ ସଂସ୍କୃତିର ଚରମ ନିଦର୍ଶନ । ଏହି ସୂର୍ଯ୍ୟ ମନ୍ଦିରର ପ୍ରତିଟି ଶିଳାଖଣ୍ଡ ସୂକ୍ଷ୍ମ କଳାଭାସ୍କର୍ଯ୍ୟରେ ଲାଗନ୍ତି ଜୀବନ୍ତ । ମନ୍ଦିର ଗାତ୍ରରେ ଖୋଦିତ ସୂକ୍ଷ୍ମ କାରୁକାର୍ଯ୍ୟରୁ ଉତ୍କଳୀୟ ଧର୍ମ, ଶିକ୍ଷା, ସଂସ୍କୃତି ଓ ସାମାଜିକ ଜୀବନର ଚିତ୍ର ସ୍ୱଷ୍ଟ ପ୍ରମାଣିତ । ମନ୍ଦିରରେ ସ୍ଥାପିତ ପାଷାଣୀ ନୃତ୍ୟାଙ୍ଗନା ଭାରତୀୟ ଶାସ୍ତ୍ରୀୟ ନୃତ୍ୟ ଓ ସଂଗୀତର ଜୀବନ୍ତ ରୂପାୟନ; ଏହାକୁ ଦେଖି ପର୍ଯ୍ୟଟକ ମନ ହୁଏ ଆହ୍ଲାଦିତ, ପର୍ଯ୍ୟଟକଙ୍କୁ ମିଳିଥାଏ ଭରପୁର ଆନନ୍ଦ । କୋଣାର୍କର ସୂର୍ଯ୍ୟମନ୍ଦିରର ଅପରୂପ ସୌନ୍ଦର୍ଯ୍ୟକୁ ଉପଭୋଗ କରିବା ପାଇଁ ବର୍ଷତମାମ ବିଶ୍ୱର କୋଣ ଅନୁକୋଣରୁ ହଜାର ହଜାର କଳା ପିପାସୁ ପର୍ଯ୍ୟଟକମାନଙ୍କ ସୁଅ ଛୁଟିଥାଏ । ବିଶ୍ୱ ଦରବାରରେ ଭାରତର କଳା, ସଂସ୍କୃତି ଓ ଭାସ୍କର୍ଯ୍ୟକୁ ପରିଚିତ କରାଇବା ସହିତ ପର୍ଯ୍ୟଟନ ଶିଳ୍ପକୁ ଅଧିକରୁ ଅଧିକ ସମୃଦ୍ଧିଶାଳୀ କରିବାର ମହତ ଉଦ୍ଦେଶ୍ୟ ନେଇ ଓଡ଼ିଶା ସରକାରଙ୍କ ପର୍ଯ୍ୟଟନ ଓ ସଂସ୍କୃତି ବିଭାଗ ପକ୍ଷରୁ ଗତ ୧୯୮୯ ମସିହାରେ ଆରମ୍ଭ ହୋଇଥିଲା କୋଣାର୍କ ନୃତ୍ୟ ଉତ୍ସବ । ୧୯୮୫ ମସିହାରେ ଗୁରୁ ଗଙ୍ଗାଧର ପ୍ରଧାନଙ୍କ ଦ୍ୱାରା ପ୍ରତିଷ୍ଠିତ କୋଣାର୍କ ନାଟ୍ୟମଣ୍ଡପରେ ପ୍ରଥମ କୋଣାର୍କ ନୃତ୍ୟ ଓ ସଂଗୀତ ଉତ୍ସବର ଶୁଭ ଉଦ୍‌ଘାଟନ ଅବସରରେ ଓଡ଼ିଶାର ତତ୍କାଳୀନ ପର୍ଯ୍ୟଟନ ଓ ସଂସ୍କୃତି ମନ୍ତ୍ରୀ ଶରତ ରାଉତ ସରକାରୀ ସ୍ତରରେ ଏପରି ଏକ ଉତ୍ସବର ଆୟୋଜନ କରାଯିବ ବୋଲି ମଞ୍ଚଉପରୁ ଘୋଷଣା କରିଥିଲେ । ଏଥିନିମନ୍ତେ ପ୍ରସ୍ତାବିତ ମୁକ୍ତାକାଶ ରଙ୍ଗମଞ୍ଚ ନିର୍ମାଣର ଭିତ୍ତିପ୍ରସ୍ତର ସ୍ଥାପନ ଓ ଉଦ୍‌ଘାଟନ କାର୍ଯ୍ୟ ତତ୍କାଳୀନ ମୁଖ୍ୟମନ୍ତ୍ରୀ ଜାନକୀବଲ୍ଲଭ ପଟ୍ଟନାୟକଙ୍କ ଦ୍ୱାରା ସଂପାଦିତ ହୋଇଥିଲା । ଏହାପରେ ସ୍ୱର୍ଗତଃ ମୁଖ୍ୟମନ୍ତ୍ରୀ ବିଜୁ ପଟ୍ଟନାୟକଙ୍କ ସମୟରେ ଏହି ରଙ୍ଗମଞ୍ଚର କଳେବର ଓ ଦର୍ଶକ ଗ୍ୟାଲେରୀକୁ ପରିବର୍ଦ୍ଧିତ କରାଯାଇ ୨୫ ଶହ ଦର୍ଶକଙ୍କ ବସିବାର ବ୍ୟବସ୍ଥା ହୋଇଥିଲା । ଏହି ଉତ୍ସବକୁ ପ୍ରାଧାନ୍ୟ



ଦେଇ ୧୯୯୩ ମସିହାରେ ବିଜୁବାବୁ ୧ କୋଟି ଟଙ୍କା ବ୍ୟୟ ଅଟକଳରେ ଉତ୍ସବର ପ୍ରସ୍ତୁତି ପରେ ବାଲିଦ୍ୱୀପର ରାଜା ସୁକର୍ଣ୍ଣ ଓ ତାଙ୍କ କନ୍ୟାଙ୍କୁ ଏହି ଉତ୍ସବକୁ ଅତିଥିରୂପେ ଆମନ୍ତ୍ରଣ କରିଥିଲେ । ମୁକ୍ତାକାଶ ରଙ୍ଗମଞ୍ଚରେ ପ୍ରତିବର୍ଷ ଡ଼ିସେମ୍ବର ୧ରୁ ୫ ତାରିଖ ପର୍ଯ୍ୟନ୍ତ ଆୟୋଜିତ ହେଉଥିବା ଶାସ୍ତ୍ରୀୟ ନୃତ୍ୟ ଓ ସଂଗୀତ କାର୍ଯ୍ୟକ୍ରମ ବ୍ୟତିରକେ ପରବର୍ତ୍ତୀ ଅବସ୍ଥାରେ ହସ୍ତଶିଳ୍ପ ଓ ହସ୍ତତନ୍ତ ସାମଗ୍ରୀର ପ୍ରଦର୍ଶନୀ ଓ ଚିତ୍ରକଳା ଶିବିରକୁ ସାମିଲ କରାଯାଇଥିବାରୁ କୋଣାର୍କ ନୃତ୍ୟ ଉତ୍ସବର ନାମକୁ ପରିପୁଷ୍ଟ କରିଥିବା କାରଣରୁ ଏହି ଉତ୍ସବର ନାମ ପରିବର୍ତ୍ତନ କରାଯାଇ କୋଣାର୍କ ଉତ୍ସବ ରଖାଗଲା । ଏହି ଉତ୍ସବକୁ ଅଧିକ ଆକର୍ଷଣୀୟ କରିବା ପାଇଁ ୨୦୧୧ ମସିହାରୁ ଏଯାବତ୍ ଦେଶ ବିଦେଶର ଆନ୍ତର୍ଜାତିକ ଖ୍ୟାତିସମ୍ପନ୍ନ ବାଲୁକା ଶିଳ୍ପୀଙ୍କୁ ନେଇ ଆୟୋଜିତ ହୋଇଆସୁଛି ବାଲୁକାକଳା ପ୍ରଦର୍ଶନୀ । ଏହି ଉତ୍ସବରେ ସାହିତ୍ୟ ଆସର ସାଙ୍ଗକୁ କବିତା ପାଠ ଉତ୍ସବ, ସାଇକଲଥୋନ, ଗଣଦୌଡ, ବେଳାଭୂମି ପଦଯାତ୍ରା, ପୁସ୍ତକ ମେଳା ଓ ଚିତ୍ରକଳା ଶିବିରକୁ ସାମିଲ କରାଯାଇଥିବାରୁ କୋଣାର୍କ ଉତ୍ସବ ଅଧିକ ସମୃଦ୍ଧ ହେଉଛି । ୧୯୯୯ ମସିହା ଅକ୍ଟୋବର ମାସରେ ଓଡ଼ିଶାର ଉପକୂଳ ଅଞ୍ଚଳରେ ପ୍ରଳୟଙ୍କରୀ ମହାବାତ୍ୟା ସଂଘଟିତ ହେବା ଯୋଗୁଁ କୋଣାର୍କ ଉତ୍ସବ ଅନୁଷ୍ଠିତ ହୋଇପାରି ନଥିଲା । ସେହିପରି ଗତ ୨୦୨୧ ମସିହାରେ କୋଣାର୍କ ଉତ୍ସବ ଓ



ଆନ୍ତର୍ଜାତିକ ବାଲୁକା କଳା ଉତ୍ସବ ୧ ଓ ୨ ତାରିଖ ଦୁଇଦିନ ଧରି ଅନୁଷ୍ଠିତ ହୋଇଥିବା ବେଳେ ବଙ୍ଗୋପସାଗରରେ ସୃଷ୍ଟି ହୋଇଥିବା ସାମୁଦ୍ରିକ ଝଡ ଜେୱାଦ ପାଇଁ ୩ରୁ ୫ ତାରିଖ ପର୍ଯ୍ୟନ୍ତ ଆୟୋଜିତ ହେବାକୁ ଥିବା କୋଣାର୍କ ଉତ୍ସବର ସମସ୍ତ କାର୍ଯ୍ୟକ୍ରମକୁ ରାଜ୍ୟ ସରକାରଙ୍କ ନିର୍ଦ୍ଦେଶକ୍ରମେ ବାତିଲ କରାଯାଇଥିଲା । ବିଗତ ୩୨ ବର୍ଷ ଧରି ଭାରତୀୟ ଶାସ୍ତ୍ରୀୟ ନୃତ୍ୟ, ସଂଗୀତ ଓ ବିଗତ ୧୧ବର୍ଷ ଧରି ବାଲୁକା କଳା ପ୍ରଦର୍ଶନୀ କୋଣାର୍କ ଉତ୍ସବର ଅନ୍ତର୍ଜାତୀୟ ସ୍ତରରେ ଆମ ରାଜ୍ୟ ତଥା ଦେଶର ଏକ ସ୍ୱତନ୍ତ୍ର ପରିଚୟ ସୃଷ୍ଟି କରିଛି । ଚଳିତ ବର୍ଷ ଡ଼ିସେମ୍ବର ୧ରୁ ୫ ତାରିଖ ମୁକ୍ତାକାଶ ରଙ୍ଗମଞ୍ଚରେ ଆୟୋଜିତ ୩୩ତମ କୋଣାର୍କ ଉତ୍ସବ ଅତୀବ ଆକର୍ଷଣୀୟ ହେବ । ରଙ୍ଗମଞ୍ଚ ଓ ଏହାର ପରିପାର୍ଶ୍ୱକୁ ରଙ୍ଗବେରଙ୍ଗର ଆଲୋକମାଳା, ଫୁଲ, ବିଭିନ୍ନ ପ୍ରକାର ହସ୍ତଶିଳ୍ପ ସାମଗ୍ରୀ ଓ ଚିତ୍ରପଟରେ ସଜାଯାଇଛି । ରଙ୍ଗମଞ୍ଚର ଦୁଇଟି ପ୍ରବେଶ ଦ୍ୱାର ଓ ଅନ୍ୟାନ୍ୟ ସ୍ଥାନମାନଙ୍କରେ ସୁନ୍ଦର ତୋରଣମାନ ନିର୍ମାଣ କରାଯାଇଛି । ଶାସ୍ତ୍ରୀୟ ନୃତ୍ୟ ପରିବେଷଣ ସମୟରେ ମଞ୍ଚର ଆଲୋକ ଓ ଧ୍ୱନି ବ୍ୟବସ୍ଥା ଉନ୍ନତମାନର ହୋଇଛି । ଭାରତୀୟ ଶାସ୍ତ୍ରୀୟ ନୃତ୍ୟ ଓ ସଂଗୀତ ଜଗତର ଖ୍ୟାତନାମା ଗୁରୁ ଓ ତାଙ୍କ ସହଯୋଗୀ ନୃତ୍ୟଶିଳ୍ପୀମାନେ ପାଞ୍ଚଦିନ ବ୍ୟାପୀ ଶାସ୍ତ୍ରୀୟ ନୃତ୍ୟ କାର୍ଯ୍ୟକ୍ରମରେ ଓଡ଼ିଶୀ, କଥକ, ମଣିପୁରୀ, ମୋହୀନିଆଟମ, ଭାରତନାଟ୍ୟମ ଓ କୁଚିପୁଡି ନୃତ୍ୟ ପରିବେଷଣ କରିବେ । ଡିସେମ୍ବର ୧ ତାରିଖ ସନ୍ଧ୍ୟା ୬ଟା ରେ ଶାସ୍ତ୍ରୀୟ ନୃତ୍ୟ ଓ ସଂଗୀତର ଏକ ଆକର୍ଷଣୀୟ ତଥା ଭବ୍ୟ ପରିବେଶରେ କୋଣାର୍କ ଉତ୍ସବ-୨୦୨୨ର ଅତିଥିମାନଙ୍କ ଦ୍ୱାରା ଉଦ୍‌ଘାଟିତ ହେବ । ଉତ୍ସବର ପ୍ରଥମ ଦିବସର ପ୍ରଥମ ପର୍ଯ୍ୟାୟରେ ମାଲେସିୟାର କୁଲାଲିୟାମପୁର ଦତୁକା ରାମଲି ଇବ୍ରାହିମ୍ ଓ ସାଥୀଙ୍କ ପକ୍ଷରୁ ପରିବେଷଣ କରାଯିବ ଓଡ଼ିଶୀ ନୃତ୍ୟ ଓ ଦ୍ୱିତୀୟ ପର୍ଯ୍ୟାୟରେ ନୂଆଦିଲ୍ଲୀର ନୃତ୍ୟଶିଳ୍ପୀ ଗୁରୁ କୁନ୍ଦନଲାଲା ଗାଙ୍ଗାନି ଫାଉଣ୍ଡେସନର ଗୁରୁ ରାନ୍ଦ୍ରେ ଗାଙ୍ଗାନ ଓ ସାଥୀ ନୃତ୍ୟଶିଳ୍ପୀମାନେ ପରିବେଷଣ କରିବେ କଥକ ନୃତ୍ୟ । ସେହିପରି ଉତ୍ସବର ଦ୍ୱିତୟ ଦିବସର ପ୍ରଥମ ପର୍ଯ୍ୟାୟରେ ମଣିପୁର ଜବାହାରଲାଲ ନେହେରୁ ମଣିପୁର ଡ଼୍ୟାନ୍ସ ଏକାଡ଼େମି ପକ୍ଷରୁ ନୃତ୍ୟଶିଳ୍ପୀମାନେ ପରିବେଷଣ କରିବେ ମଣିପୁରୀ ନୃତ୍ୟ, ଦ୍ୱିତୀୟ ପର୍ଯ୍ୟାୟରେ କଟକର ଗୁଞ୍ଜନ ଡ଼୍ୟାନ୍ସ ଏକାଡ଼େମି ପକ୍ଷରୁ ନୃତ୍ୟଶିଳ୍ପୀ ଗୁରୁ ମିରା ଦାସ ଓ ସାଥୀ ନୃତ୍ୟଶିଳ୍ପୀମାନେ ପରିବେଷଣ କରିବେ ଓଡିଶୀ ନୃତ୍ୟ । ସେହିପରି ଉତ୍ସବର ତୃତୀୟ ଦିବସର ପ୍ରଥମ ପର୍ଯ୍ୟାୟରେ କୋଲକତାର କୋଲକତା ମୟୁର ଲଳିତ ଡ଼୍ୟାନ୍ସ ଏକାଡ଼େମି ପକ୍ଷରୁ ନୃତ୍ୟଶିଳ୍ପୀ ଗୁରୁ





ଦେବସ୍ମିତା ସେନଗୁପ୍ତା ଓ ସାଥୀଙ୍କ ପକ୍ଷରୁ ଓଡିଶୀ ନୃତ୍ୟ ପରିବେଷଣ କରାଯିବ ଓ ଦ୍ୱିତୀୟ ପର୍ଯ୍ୟାୟରେ ଚେନ୍ନାଇର ଦଶାୟାମ ସେଣ୍ଟର ଫର ମୋହିନୀଆଟମ୍ ପକ୍ଷରୁ କାଳିମାମଣି ନୃତ୍ୟାଙ୍ଗନା ଗୋପିକା ବର୍ମା ଓ ସାଥୀଙ୍କ ପକ୍ଷରୁ ପରିବେଷଣ କରାଯିବ ମୋହିନୀଆଟମ୍ ନୃତ୍ୟ । ସେହିପରି ଉତ୍ସବର ଚତୁର୍ଥ ଦିବସର ପ୍ରଥମ ପର୍ଯ୍ୟାୟରେ ଚେନ୍ନାଇର ସ୍ୱାଣ୍ଡା ଡ଼୍ୟାନ୍ସ କମ୍ପାନୀ ପକ୍ଷରୁ ନୃତ୍ୟଶିଳ୍ପୀ ଲିଲା ସାମସନ ଓ ସାଥୀଙ୍କ ଦ୍ୱାରା ପରିବେଷଣ କରାଯିବ ଭାରତନାଟ୍ୟମ ନୃତ୍ୟ ଓ ଦ୍ୱିତୀୟ ପର୍ଯ୍ୟାୟରେ ଭୁବନେଶ୍ୱରର ସୁରଭି ଅନୁଷ୍ଠାନର ଗୁରୁ ପିତାମ୍ବର ବିଶ୍ୱାଳ ଓ ସାଥୀଙ୍କ ପକ୍ଷରୁ ଓଡିଶୀ ନୃତ୍ୟ ପରିବେଷଣ କରାଯିବ । ଉତ୍ସବର ଶେଷ ସନ୍ଧ୍ୟା ଅର୍ଥାତ୍ ଡିସେମ୍ବର ୫ ତାରିଖର ପ୍ରଥମ ପର୍ଯ୍ୟାୟରେ ଭୁବନେଶ୍ୱରର ନୃତ୍ୟ ନୈବେଦ୍ୟ ଅନୁଷ୍ଠାନର ପ୍ରଭାତ କୁମାର ସ୍ୱାଇଁ ଓ ସାଥୀ ନୃତ୍ୟ ଶିଳ୍ପୀଙ୍କ ପକ୍ଷରୁ ପରିବେଷଣ କରାଯିବ ଓଡିଶୀ ନୃତ୍ୟ । ଦ୍ୱିତୀୟ ପର୍ଯ୍ୟାୟରେ ଚେନ୍ନାଇର ଶିବମୋହନମ ଅନୁଷ୍ଠାନର ନୃତ୍ୟଶିଳ୍ପୀ ଜୟକିଶ୍ୱେର ମୋଶାଲିକାନ୍ତି ଓ ସାଥୀ ନୃତ୍ୟଶିଳ୍ପୀମାନେ କୁଚିପୁଡି ନୃତ୍ୟ ପରିବେଷଣ କରିବେ । କୋଣାର୍କ ଉତ୍ସବ-୨୦୨୨ ସମୟରେ ଚନ୍ଦ୍ରଭାଗାର ସ୍ୱର୍ଣ୍ଣିମ ବେଳାଭୂମିରେ ଆୟୋଜିତ ହେବାକୁ ଯାଉଅଛି ୧୨ତମ ଆନ୍ତର୍ଜାତିକ ବାଲୁକାକଳା ଉତ୍ସବ-୨୦୨୨ । ଡିସେମ୍ବର ୧ରୁ ୫ତାରିଖ ପର୍ଯ୍ୟନ୍ତ ଆନ୍ତର୍ଜାତିକ ବାଲୁକାକଳା ଉତ୍ସବ-୨୦୨୨ ଏଠାରେ ଅନୁଷ୍ଠିତ ହେବ । ଏହି ଉତ୍ସବରେ ଆନ୍ତର୍ଜାତିକ ଖ୍ୟାତିସମ୍ପନ୍ନ ବାଲୁକା ଶିଳ୍ପୀମାନେ ଯୋଗଦେଇ କଳା ପ୍ରଦର୍ଶନ କରିବେ । କୋଣାର୍କ ଉତ୍ସବ-୨୦୨୨ ଅବସରରେ ନଭେମ୍ବର ୩୦ତାରିଖରେ କୋଣାର୍କ ପ୍ରେସ କ୍ଲବ ପକ୍ଷରୁ ସୂର୍ଯ୍ୟମନ୍ଦିର ସମ୍ମୁଖରୁ ରାମଚଣ୍ଡୀ ପର୍ଯ୍ୟନ୍ତ ସାଇକଲଥୋନ, ଡିସେମ୍ବର ୧ ତାରିଖ ସକାଳେ ବସନ୍ତ ମଞ୍ଜରୀ ପାଠାଗାର ପକ୍ଷରୁ ଗଣଦୌଡ଼ ଏବଂ ୨




ତାରିଖରେ କୋଣାର୍କ ସାମ୍ବାଦିକ ସଂଘ ପକ୍ଷରୁ ଚନ୍ଦ୍ରଭାଗାଠାରୁ ରାମଚଣ୍ଡୀ ପର୍ଯ୍ୟନ୍ତ ବେଳାଭୂମି ପଦଯାତ୍ରା, ୨ ତାରିଖରେ ରାଜୀବ ଗାନ୍ଧୀ ସୋଶିଆଲ ୱେଲଫେୟାର ଅର୍ଗାନାଇଜେସନ ପକ୍ଷରୁ ଚିତ୍ରକଳା ଶିବିର, କୋଣାର୍କ ମିଡିଆ ଫୋରମ ପକ୍ଷରୁ ଚିତ୍ରାଙ୍କନ ଓ ବକ୍ତୃତା ପ୍ରତିଯୋଗିତା ଏବଂ କୋଣାର୍କ ପୁସ୍ତକ ମେଳା କମିଟି ପକ୍ଷରୁ ପୁସ୍ତକ ମେଳା ଅନୁଷ୍ଠିତ ହେବ । କୋଣାର୍କ ଉତ୍ସବ ସମୟରେ ଆଉ ଏକ ମୁଖ୍ୟ ଆକର୍ଷଣ ସାଜିଥାଏ ଯାତ୍ରା ଦଳ । ସ୍ଥାନୀୟ ଯାତ୍ରା କମିଟିମାନଙ୍କ ପକ୍ଷରୁ ଏକାଧିକ ଯାତ୍ରାଦଳ ଯାତ୍ରା ପରିବେଷଣ କରିଥା'ନ୍ତି । ରାଜ୍ୟର ବିଭିନ୍ନ କୋଣ ଅନୁକୋଣ ସମେତ ସ୍ଥାନୀୟ ଅଞ୍ଚଳର ଯାତ୍ରାପ୍ରେମୀ ଦର୍ଶକମାନେ ଆସି କୋଣାର୍କ ଉତ୍ସବ ଦେଖିବା ସହ ଯାତ୍ରାକୁ ରାତିତମାମ ମନଭରି ଉପଭୋଗ କରିଥା'ନ୍ତି । ଏନଏସି ପକ୍ଷରୁ ମିନାବଜାର, ରାମଦୋଳି, ସର୍କସ ଓ ଯାତ୍ରା ପରିବେଷଣ ପାଇଁ ହେଲିପ୍ୟାଡକୁ ପ୍ରସ୍ତୁତ କରାଯାଇ ବ୍ୟବସାୟୀମାନଙ୍କୁ ଯୋଗାଇ ଦିଆଯିବା ପାଇଁ ବ୍ୟବସ୍ଥା କରାଯାଇଛି । ଏଠାରେ ସମସ୍ତ ପ୍ରକାର ଖାଦ୍ୟ, ବସ୍ତ୍ର ଓ ଘରକରଣା ସାମଗ୍ରୀ ଉପଲବ୍ଧ ଥିବାରୁ ପାଞ୍ଚଦିନ ଧରି ଏହି ଅଞ୍ଚଳରେ ପ୍ରବଳ ଭିଡ ହୋଇଥିବା ବେଳେ କୋଣାର୍କ-ଚନ୍ଦ୍ରଭାଗା ରାସ୍ତାରେ ଟ୍ରାଫିକ ସମସ୍ୟା ସୃଷ୍ଟି ହୋଇଥାଏ । କୋଣାର୍କ ଉତ୍ସବ ଅବସରରେ ରାଜ୍ୟସ୍ତରୀୟ ହସ୍ତଶିଳ୍ପ ଓ ହସ୍ତତନ୍ତ ପ୍ରଦର୍ଶନୀ ଆୟୋଜିତ ହୋଇଥାଏ । ଏହି ପ୍ରଦର୍ଶନୀରେ ଓଡ଼ିଶାର ବିଭିନ୍ନ



ଜିଲାରୁ ପ୍ରାଥମିକ ବୁଣାକାର ସମବାୟ ସମିତି ଏବଂ ବୟନୀକା ଓ ବରଗଡ଼ର ସମ୍ବଲପୁରୀ ବସ୍ତ୍ରାଳୟ ପକ୍ଷରୁ ଖଣ୍ଡୁଆ ପାଟ ଶାଢ଼ୀ, ବମକେଇ ଶାଢ଼ୀ, ବ୍ରହ୍ମପୁର ଶାଢ଼ୀ, ବଡ଼ବାଗର ଶାଢ଼ୀ ଫାଇନ କଟନ ଶାଢ଼ୀ ଏବଂ ଖୋର୍ଦ୍ଧାର ଲୁଙ୍ଗି ଓ ଗାମୁଛା ସମେତ ପ୍ରସ୍ତର ଖୋଦେଇ, ପଟ୍ଟଚିତ୍ର ଓ ପିପିଲିର ଚାନ୍ଦୁଆ କାମ ପର୍ଯ୍ୟଟକମାନଙ୍କୁ ବେଶ ଆକର୍ଷିତ କରିଥାଏ । ସ୍ଥାନୀୟ ଗଣମାଧ୍ୟମ ପ୍ରତିନିଧିଙ୍କ ଅନୁରୋଧରେ କୋଣାର୍କ ଉତ୍ସବର ଦୀର୍ଘ ୨୬ ବର୍ଷ ପରେ ପର୍ଯ୍ୟଟନ ବିଭାଗ ପକ୍ଷରୁ ୨୦୧୫ରେ କୋଣାର୍କ ଉତ୍ସବରେ ସାହିତ୍ୟକୁ ସାମିଲ କରାଯାଇଛି । କୋଣାର୍କ




ସାହିତ୍ୟ ସଂସଦ ଆନୁକୂଲ୍ୟରେ ଉତ୍ସବର ଗୋଟିଏ ଦିନ ପୂର୍ବାହ୍ନ ୯ଟାରୁ ଅପରାହ୍ନ ୪ଟା ପର୍ଯ୍ୟନ୍ତ କୋଣାର୍କ ମୁକ୍ତାକାଶ ରଙ୍ଗମଞ୍ଚ ନିକଟରେ ଅନୁଷ୍ଠିତ ହୋଇଥାଏ ସାହିତ୍ୟ ଆଲୋଚନା ଓ କବିତା ପାଠୋତ୍ସବ । ଏଥିରେ ରାଜ୍ୟର ବିଭିନ୍ନ ସ୍ଥାନରୁ ଶତାଧିକ କବି ଓ କବୟିତ୍ରୀ ଯୋଗ ଦେଇ ସ୍ୱରଚିତ କବିତା ପାଠ କରିଥାନ୍ତି । ଉତ୍ସବର ବ୍ୟବସ୍ଥାକୁ ତ୍ରୁଟିଶୂନ୍ୟ ଓ ଆଡ଼ମ୍ବରପୂର୍ଣ୍ଣ କରିବା ପାଇଁ ରାଜ୍ୟ ପର୍ଯ୍ୟଟନ ବିଭାଗ ସଚିବ, ପର୍ଯ୍ୟଟନ ବିଭାଗ ନିର୍ଦ୍ଦେଶକ ଓ ପର୍ଯ୍ୟଟନ ଉନ୍ନୟନ ନିଗମର ପରିଚାଳନା ନିର୍ଦ୍ଦେଶକ, ପର୍ଯ୍ୟଟନ ବିଭାଗର ନିର୍ଦ୍ଦେଶକ, ଉପନିର୍ଦ୍ଦେଶକ, ଓଡିଶା ସଂଗୀତ ନାଟକ ଏକାଡେମି, ପର୍ଯ୍ୟଟନ ଅଧିକାରୀଙ୍କ ସମେତ ଦୁଇ ବିଭାଗର ବରିଷ୍ଠ ଅଧିକାରୀମାନଙ୍କ ଆନ୍ତରିକ ପ୍ରଚେଷ୍ଟା ପ୍ରଶଂସନୀୟ । ପଞ୍ଚଦିବସୀୟ ଏହି ଉତ୍ସବ ସମୟରେ ଶାନ୍ତି ଶୃଙ୍ଖଳା ରକ୍ଷାପାଇଁ ପୋଲିସ ପକ୍ଷରୁ ବ୍ୟାପକ ବ୍ୟବସ୍ଥା କରାଯାଇଥାଏ ।

# 'ସୁଅ ମୁହଁରେ ପତର'ର ସ୍ରଷ୍ଟା: ପ୍ରାଣବନ୍ଧୁ କର





ଆଧୁନିକ କାଳର ବିଶିଷ୍ଟ ଓଡ଼ିଆ ସାହିତ୍ୟିକଙ୍କ ମଧ୍ୟରେ ପ୍ରାଣବନ୍ଧୁ କର ଅନ୍ୟତମ । ସେ ଥିଲେ ଏକଧାରରେ କବି, ଗାଳ୍ପିକ ଓ ନାଟ୍ୟକାର । ଆଦ୍ୟ କୈଶୋରରେ ବିଦ୍ୟାଳୟରେ ପଢୁଥିବା ବେଳେ ତାଙ୍କ କବି ପ୍ରତିଭା ସହ ଶିକ୍ଷକମାନେ ପରିଚିତ ହୋଇଥିଲେ ଏବଂ ଅଧିକରୁ ଅଧିକ ଲେଖିବା ପାଇଁ ତାଙ୍କୁ ଉତ୍ସାହିତ କରିଥିଲେ । ପ୍ରାଣବନ୍ଧୁ ସ୍ନାତକ ଉତ୍ତୀର୍ଣ୍ଣ ହେବାପରେ ସଚିବାଳୟର କିରାଣି ଭାବେ କର୍ମମୟ ଜୀବନ ଆରମ୍ଭ କରିଥିଲେ । ହେଲେ ସେଥିରେ ମନ ଲାଗି ନଥିଲା । ତାଙ୍କ ପିତା ଚିନ୍ତାମଣି କର ଥିଲେ ଶିକ୍ଷକ । ପରବର୍ତ୍ତୀ କାଳରେ ପିତାଙ୍କ ଭଳି ସେ ମଧ୍ୟ ଶିକ୍ଷକତାକୁ ବୃତ୍ତି ଭାବେ ଗ୍ରହଣ କରିଥିଲେ । ବିଭିନ୍ନ ସରକାରୀ ସ୍କୁଲରେ ସେ ଶିକ୍ଷକତା କରିବା ସହ ଘରୋଇ ଭାବେ ଓଡ଼ିଆ ଭାଷା ସାହିତ୍ୟରେ ସ୍ନାତକୋତ୍ତର କରି ଶିକ୍ଷକରୁ ପାଲଟିଥିଲେ ଅଧ୍ୟାପକ । ଶିକ୍ଷା ବିଭାଗରେ ବିଭିନ୍ନ ପଦପଦବୀରେ ସେ କିଛି କିଛି କାଳ ଅବସ୍ଥାପିତ ହୋଇଥିବା ଜଣାଯାଏ । ରେଭେନ୍‌ସା ମହାବିଦ୍ୟାଳୟରେ ତାଙ୍କ ଚାକିରି ଜୀବନ ପରିସମାପ୍ତି ଘଟିଥିଲା ଏବଂ ସେ ଅବସର ନେଇଥିଲେ । ଜୀବନରେ ତାଙ୍କ ଲେଖନୀ ସର୍ବଦା ସକ୍ରିୟ ଥିଲା ଏବଂ ଅବସର ପରେ ମଧ୍ୟ ଅଟକି ନଥିଲା । ସେ ଶତାଧିକ କ୍ଷୁଦ୍ରଗଳ୍ପ, ଏକାଙ୍କିକା, ନାଟକର ସ୍ରଷ୍ଟା । 'ସୁଅ ମୁହଁରେ ପତର', 'ନିଶୀଥର ପ୍ରେତାତ୍ମା', 'ଷଣ୍ଢ ଲଢ଼େଇ', 'ମଶା', 'ରାଣୀ', 'ପଦ୍ମା', 'ସେମାନେ ବି ତ ମଣିଷ', 'ଏ ପୃଥିବୀ ନୁହେଁ' ଆଦି ତାଙ୍କର କେତେକ ଶ୍ରେଷ୍ଠ ଗଳ୍ପ । ପ୍ରାଣବନ୍ଧୁ ନିଜର ନାଟ୍ୟ ପ୍ରତିଭା ପାଇଁ ଓଡ଼ିଶା ସାହିତ୍ୟ ଏକାଡ଼େମି, ସଂଗୀତ ନାଟକ ଏକାଡ଼େମୀ ଓ କେନ୍ଦ୍ର ସାହିତ୍ୟ ଏକାଡ଼େମୀ ଦ୍ୱାରା ପୁରସ୍କୃତ । ତାଙ୍କର ବହୁ ଗଳ୍ପ ନାଟକ ବିଦ୍ୟାଳୟ ମହାବିଦ୍ୟାଳୟ ସ୍ତରରେ ପଢ଼ାଯାଉଛି । ତାଙ୍କ ସାହିତ୍ୟକୃତି ସଂପର୍କରେ ଆଉ ଏକ ଉଲ୍ଲେଖନୀୟ କଥା ହେଉଛି, ସେ କାଳିନ୍ଦୀ ଚରଣ ପାଣିଗ୍ରାହୀଙ୍କ ମାଟିର ମଣିଷ, ଫକୀରମୋହନ ସେନାପତିଙ୍କ ମାମୁଁ, ପ୍ରାୟଶ୍ଚିତ ଓ ଛଅମାଣ ଆଠ ଗୁଣ୍ଠ, ହରେକୃଷ୍ଣ ମହତାବଙ୍କ ଟାଉଟର, ଫତୁରାନନ୍ଦଙ୍କ ନାକଟା ଚିତ୍ରକର ଆଦିକୁ ନାଟ୍ୟ ରୂପ ଦେଇଥିଲେ । ୧୯୧୪ ଡିସେମ୍ବର ଆଜିର ଦିନରେ ବାଙ୍କୀ ଅନ୍ତର୍ଗତ ଡମପଡ଼ାରେ ଜନ୍ମଗ୍ରହଣ କରିଥିଲେ ଏହି ମହାନ ସାହିତ୍ୟିକ ।

**-ଡଃ. ଅରୁନ୍ଧତୀ ଦେବୀ,** ନିର୍ଦ୍ଦେଶିକା-ସମ୍ପାଦିକା, ଆନ୍ତର୍ଜାତିକ ଅଶୋଭନୀୟତା ନିରୋଧ ଆନ୍ଦୋଳନ, କଟକ, ଦୂରଭାଷ : ୯୯୩୭୧୭୨୮୧୦

# ଏଡ୍‌ସ: ଏହି ଡର ସଭିଙ୍କୁ



**ବିଶ୍ୱ ଏଡ୍‌ସ ଦିବସର ଇତିହାସ:** ପ୍ରଥମ କରି ୧୯୮୭ ଅଗଷ୍ଟ ମାସରେ ଥୋମାସ୍ ନେଟ୍ଟର ଏବଂ ଜେମ୍ସ ଡବ୍ଲ୍ୟୁ ବୁନ୍ ବିଶ୍ୱ ଏଡ଼୍‌ସ ଦିବସ ବିଷୟ କଳ୍ପନା କରିଥିଲେ । ଉଭୟ ଜେନେଭା ଓ ସ୍ୱିଜରଲ୍ୟାଣ୍ଡସ୍ଥିତ ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନରେ ଏଡ଼୍‌ସ ବିଶ୍ୱ କାର୍ଯ୍ୟକ୍ରମ ପାଇଁ ଲୋକସମ୍ପର୍କ ଅଧିକାରୀ ଅଛନ୍ତି । ସେମାନେ ନିଜର ଧାରଣା ଏଡ଼୍‌ସ ବିଶ୍ୱ କାର୍ଯ୍ୟକ୍ରମର ନିର୍ଦ୍ଦେଶକ ଡକ୍ଟର ଜୋନାଥନ୍ ମନ୍‌ଙ୍କୁ ଜଣାଇଥିଲେ । ସେ ଏହାକୁ ସ୍ୱୀକୃତି ଦେଇ ବିଶ୍ୱ ଏଡ଼୍‌ସ ଦିବସ ପାଳନ ପାଇଁ ସୁପାରିଶ କରିଥିଲେ । ୧୯୮୮ ଡିସେମ୍ବର ୧ରୁ ବିଶ୍ୱବ୍ୟାପୀ ଏହି ଦିବସ ପାଳନ କରାଯାଇଆସୁଛି । ସେମାନେ ଭାବିଲେ ଯେ, ଏହାକୁ ଏପରି ସମୟରେ ପାଳନ କରାଯିବା ଉଚିତ ଯେଉଁ ସମୟରେ ବିଶ୍ୱବ୍ୟାପୀ ଗଣମାଧ୍ୟମ ଓ ଜନସାଧାରଣ ଏଥିପ୍ରତି ଆଗ୍ରହ ପ୍ରକାଶ କରିପାରିବେ । ଏଚ୍‌ଆଇଭି/ଏଡ୍ସ ଉପରେ ଜାତିସଂଘ କାର୍ଯ୍ୟକ୍ରମକୁ ୟୁଏନ୍‌ଏଡ୍ସ କୁହାଯାଏ ।



୧୯୯୬ରେ ଏହା କାର୍ଯ୍ୟକାରୀ ହେବା ସହିତ ବିଶ୍ୱବ୍ୟାପୀ ପ୍ରସାର ଲାଭ କଲା । ୧୯୯୭ରେ ୟୁଏନ୍‌ଏଡ଼୍‌ସ ଦ୍ୱାରା ବିଶ୍ୱ ଏଡ଼୍‌ସ ପ୍ରଚାର ଅଭିଯାନ ଆରମ୍ଭ ହେଲା । ଏଥିପାଇଁ ଏଡ଼୍‌ସ କାର୍ଯ୍ୟକ୍ରମ, ଉତ୍ତମ ଯୋଗାଯୋଗ ବ୍ୟବସ୍ଥା, ରୋଗ ନିରାକରଣ ଏବଂ ରୋଗ ସଚେତନତା ଉପରେ ବର୍ଷସାରା ପ୍ରଚାର ଅଭିଯାନ ଚାଲିଲା । ପ୍ରଥମ ବର୍ଷ ବିଶ୍ୱ ଏଡ଼୍‌ସ ଦିବସ ସଚେତନତା କେବଳ ଶିଶୁ ଏବଂ ତରୁଣ ବୟସର ଲୋକଙ୍କ ଉପରେ ପ୍ରାଧାନ୍ୟ ଦେଇ କରାଯାଉଥିଲା । ପରେ ଏହାକୁ ଏକ ପରିବାର ରୋଗ ବୋଲି ବିବେଚନା କରାଗଲା । କାରଣ ଯେକୌଣସି ବୟସର ବ୍ୟକ୍ତି ଏଚ୍‌ଆଇଭି ଦ୍ୱାରା ଆକ୍ରାନ୍ତ ହୋଇପାରନ୍ତି । ୨୦୦୭ ପରଠାରୁ ବିଶ୍ୱ ଏଡସ ଦିବସକୁ ଏଡ଼ସ ରିବନ ସଂକେତ ଦ୍ୱାରା ପ୍ରଦର୍ଶନ କରାଯାଇଆସୁଛି ।

ଏଡ଼୍‌ସ । ଏହି ଡ଼ର ସଭିଙ୍କୁ । ଗର୍ଭସ୍ଥ ଶିଶୁଠାରୁ ଆରମ୍ଭ କରି ବୃଦ୍ଧ ପର୍ଯ୍ୟନ୍ତ । ମଙ୍ଗଳରେ କୋବି ଚାଷ କରିବାକୁ ସ୍ୱପ୍ନ ଦେଖୁଥିବା ବୈଜ୍ଞାନିକମାନେ ମଧ୍ୟ ଏଡ଼୍‌ସ ନିରାକରଣ ପାଇଁ ଏଯାଏଁ ମେଡ଼ିସିନ୍ ଆବିଷ୍କାର କରିବାରେ ସଫଳତା ପାଇପାରିନାହାନ୍ତି । ଗତ ଦୁଇ ଦଶନ୍ଧି ଧରି ଏହା ବିଶ୍ୱବାସୀଙ୍କୁ ଚିନ୍ତାରେ ପକାଇଥିଲେ ମଧ୍ୟ ବ୍ୟାପକ ସଚେତନତା ଯୋଗୁଁ ଏହାକୁ ନିୟନ୍ତ୍ରଣ କରାଯାଇପାରିଛି । ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନଠାରୁ ଆରମ୍ଭ କରି ଜାତୀୟ ଏଡ଼୍‌ସ ନିୟନ୍ତ୍ରଣ ସଂଗଠନ (ନାକୋ) ଏବଂ ଓଡ଼ିଶା ରାଜ୍ୟ ଏଡ଼୍‌ସ ନିୟନ୍ତ୍ରଣ ସଂଗଠନ (ଓସାକ୍) ଭଳି ସରକାରୀ ଅନୁଷ୍ଠାନ ଓ ବେସରକାରୀ ସଂଗଠନର ମିଳିତ କାର୍ଯ୍ୟକ୍ରମ ଯୋଗୁଁ ଭୟ ଉଦ୍ରେକକାରୀ ଏଡ଼୍‌ସର କବଳରୁ ମାନବ ସମାଜକୁ ମୁକ୍ତ ରଖାଯାଇପାରିଛି । ପ୍ରାରମ୍ଭିକ ସ୍ତରରେ ଏଡ଼୍‌ସ ସଚେତନତା ମହିଳା ଓ ପୁରୁଷ ଯୌନକର୍ମୀ, ଟ୍ରକ ଡ୍ରାଇଭର ଓ ହିଞ୍ଜଡ଼ାମାନଙ୍କୁ ସଚେତନତା ସୃଷ୍ଟି କରିବାରେ ସଫଳତା ମିଳିଥିଲେ ମଧ୍ୟ ଏବେ ବି ଏଡ଼୍‌ସର ପ୍ରାଦୁର୍ଭାବରେ ହ୍ରାସ ପରିଲକ୍ଷିତ ହୋଇନାହିଁ । ଆଉ ସବୁଠାରୁ ଆଶ୍ଚର୍ଯ୍ୟର କଥା ହେଉଛି, ବିଶେଷକରି କିଶୋର ଓ ନିଶାସକ୍ତ ଯୁବକମାନେ ଏବେ ଏଡ଼୍‌ସ ଫାଶରେ ପଡ଼ିଥିବା ଦେଖିବାକୁ ମିଳିଛି । ଯାହାକୁ ଆଖିଆଗରେ ରଖି କିଶୋରଙ୍କୁ ଏଥିନେଇ ସଚେତନ କରିବା ଦିଗରେ 'ହୁ' ଗୁରୁତ୍ୱାରୋପ କରିଛି ।

ବର୍ତ୍ତମାନ ଏଡ଼୍‌ସ ନିରାକରଣର ମୁଖ୍ୟ ଲକ୍ଷ୍ୟ ରହିଛି: ଆଉ ଜଣକୁ ବି ଏଡ଼୍‌ସ ଆକ୍ରାନ୍ତ ହେବାକୁ ଦିଆଯିବ ନାହିଁ, କୌଣସି ଏଡ଼୍‌ସ ଆକ୍ରାନ୍ତଙ୍କୁ ଭେଦଭାବର ଶିକାର ହେବାକୁ ଦିଆଯିବ ନାହିଁ କି ଏଡ଼୍‌ସ ଆକ୍ରାନ୍ତଙ୍କୁ ମରିବାକୁ ଦିଆଯିବ ନାହିଁ । ତେବେ ଚଳିତବର୍ଷ ବିଶ୍ୱ ଏଡ଼୍‌ସ ଦିବସ ଅବସରରେ କିଶୋରମାନଙ୍କୁ ସଚେତନତା ଉପରେ ଅଧିକ ଗୁରୁତ୍ୱାରୋପ କରାଯାଇଛି । 'ହୁ'ର ତଥ୍ୟ ଅନୁଯାୟୀ ବିଶ୍ୱରେ ବର୍ତ୍ତମାନ ପ୍ରାୟ ୪ କୋଟି ଲୋକ ଏଚଆଇଭି ଏଡ଼୍‌ସରେ ଆକ୍ରାନ୍ତ ହୋଇଥିବା ଜଣାପଡ଼ିଛି । କିନ୍ତୁ ସେଥିମଧ୍ୟରୁ ୨୧ଲକ୍ଷ କିଶୋର ବି ଏଡ଼୍‌ସରେ ଆକ୍ରାନ୍ତ ହୋଇଛନ୍ତି । ଏମାନଙ୍କ ମଧ୍ୟରୁ ଅଳ୍ପ କିଛି ମାତୃଗର୍ଭରୁ ଏଡ଼୍‌ସର ଶିକାର ହୋଇଥିବାବେଳେ ଅଧିକାଂଶ କିନ୍ତୁ ପରବର୍ତ୍ତୀ ସମୟରେ ବିଭିନ୍ନ କାରକ ଯୋଗୁଁ ଏଡ଼୍‌ସ ପଞ୍ଝାରେ ପଡ଼ି ଯାଇଛନ୍ତି । ବିଶେଷକରି ଅସୁରକ୍ଷିତ ଯୌନସମ୍ପର୍କ, ଡ୍ରଗ୍ ବ୍ୟବହାର ପାଇଁ ଏଭଳି ବିପଦ ଭିତରକୁ କିଶୋରମାନେ ଠେଲି ହୋଇଯାଉଥିବା ଏକ ସର୍ବେକ୍ଷଣରୁ ଜଣାପଡ଼ିଛି । ନିକଟରେ ରାଜ୍ୟ ସରକାରଙ୍କ ବିଧାନସଭାରେ ପ୍ରଦତ୍ତ ତଥ୍ୟ ଅନୁଯାୟୀ ଓଡ଼ିଶାରେ ୩୩୫୧୫ ଜଣ ଏଡ଼୍‌ସ ରୋଗୀ ଚିହ୍ନଟ ହୋଇଛନ୍ତି । ସର୍ବଭାରତୀୟ ସ୍ତରରେ ଓଡ଼ିଶାର ସ୍ଥାନ ୧୪ରେ ରହିଛି । ସର୍ବାଧିକ ଏଡ଼୍‌ସ ଆକ୍ରାନ୍ତ ରୋଗୀ ଗଞ୍ଜାମ ଜିଲ୍ଲାରେ ରହିଥିବା ବେଳେ ତାହା ପଛକୁ କଟକ ଓ ପରବର୍ତ୍ତୀ କ୍ରମାନ୍ୱୟରେ କୋରାପୁଟ, ସମ୍ବଲପୁର, ଖୋର୍ଦ୍ଧା, ଅନୁଗୁଳ ଓ ବାଲେଶ୍ୱର ଜିଲ୍ଲା ରହିଛି । ସେହିପରି ସର୍ବଭାରତୀୟ ସ୍ତରରେ ଏଡ଼୍‌ସ ରୋଗରେ ସବୁଠୁ ଆଗରେ ରହିଛି ନାଗାଲାଣ୍ଡ ଓ ସବୁଠାରୁ କମ୍ ସ୍ଥାନରେ ରହିଛି କେରଳ । ୨୦୧୨ ସର୍ବେକ୍ଷଣ ଅନୁଯାୟୀ ସମଗ୍ର ଭାରତରେ ୧୦ ହଜାର ବ୍ୟକ୍ତିଙ୍କ ମଧ୍ୟରେ ୩୫ଜଣ ଏଡ଼୍‌ସ୍ ସଂକ୍ରମିତ ହୋଇଥିବାବେଳେ ଓଡ଼ିଶାରେ ଏହି ସଂଖ୍ୟା ୩୧ ।

୧୦ରୁ ୧୯ ବର୍ଷର କିଶୋରମାନଙ୍କ ମଧ୍ୟରେ ଏଡ଼୍‌ସ ସଚେତନତାର ଅଭାବ, ରୋଗର ନିଦାନ ଓ ନିରାକରଣ ଦିଗରେ ଉପଯୁକ୍ତ ପରାମର୍ଶ ଦିଆଯାଇପାରୁନଥିବାରୁ କିଶୋରମାନେ ଅତ୍ୟନ୍ତ ବିପଦସଂକୁଳ ହୋଇପଡ଼ିଛନ୍ତି । ଯେଉଁଥିପାଇଁ ଏଡ଼୍‌ସ ଆକ୍ରାନ୍ତ କିଶୋରମାନଙ୍କ ମଧ୍ୟରୁ ମୃତ୍ୟୁବରଣ କରୁଥିବା କିଶୋରଙ୍କ ସଂଖ୍ୟାରେ ୫୦% ବୃଦ୍ଧି ପରିଲକ୍ଷିତ ହୋଇଥିଲା । କିନ୍ତୁ ଧୀରେ ଧୀରେ ଏଥିନେଇ ସଚେତନତା ସୃଷ୍ଟି କରାଯାଇଥିବାରୁ ଏହା ଏବେ ୩୦%କୁ ହ୍ରାସ ପାଇଛି । ତେବେ ଏହି ମୃତ୍ୟୁସଂଖ୍ୟାକୁ ଶୂନ୍ୟକୁ ଆଣିବା ପାଇଁ ବିଶେଷ ସଚେତନତାର ଆବଶ୍ୟକତା ରହିଛି ବୋଲି ହୁ ପକ୍ଷରୁ କୁହାଯାଇଛି । ଯେଉଁ କିଶୋରୀ ଝିଅ ଓ ପୁଅମାନେ ଅସୁରକ୍ଷିତ ଯୌନସମ୍ପର୍କ ରକ୍ଷାକରୁଛନ୍ତି ସେମାନଙ୍କ କ୍ଷେତ୍ରରେ ଏହି ଆଶଙ୍କା ବେଶ୍ ବୃଦ୍ଧିପାଇଛି । ଖାଲି ସେତିକି ନୁହେଁ କିଶୋର ଓ କିଶୋରୀମାନେ ସ୍ୱେଚ୍ଛାକୃତ ଭାବେ ଏଚଆଇଭି ଏଡ଼୍‌ସ ପରୀକ୍ଷା ପାଇଁ ଚାହୁଁଥିଲେ ମଧ୍ୟ ସମାଜରେ ଏଥିନେଇ ପ୍ରତିକୂଳ ଧାରଣା ସୃଷ୍ଟି ହେବାର ଆଶଙ୍କା କାରଣରୁ ସେମାନେ ପରୀକ୍ଷା କରିପାରୁନାହାନ୍ତି । ତେଣୁ ନିଦାନ ଓ ଔଷଧ ସେବନ ଅଭାବରୁ ମୃତ୍ୟୁମୁଖରେ ପଡୁଥିବା ଦେଖିବାକୁ ମିଳୁଛି ବୋଲି ୟୁନିସେଫ୍ ପ୍ରକାଶ କରିଛି । ସେହିପରି ଡ୍ରଗ୍ ବ୍ୟବହାରକାରୀମାନେ ଅଶୋଧିତ ଛୁଞ୍ଚିରେ ସାଙ୍ଗମାନଙ୍କ ମଧ୍ୟରେ ନିଶାସେବନ କରୁଥିବାରୁ ଏଡ଼୍‌ସର ଆଶଙ୍କା ବହୁଗୁଣା ବୃଦ୍ଧି ପାଇଛି । ଏହାକୁ ଆଖିଆଗରେ ରଖି ଚଳିତ ବର୍ଷ କିଶୋରମାନଙ୍କୁ ଅଧିକରୁ ଅଧିକ ସଚେତନ କରିବା ଦିଗରେ ହୁ, ନାକୋ ସମେତ ଓସାକ୍ ମଧ୍ୟ ପଦକ୍ଷେପ ଗ୍ରହଣ କରିଛି । ବିଶ୍ୱ ଏଡ଼୍‌ସ୍ ଦିବସ ଅବସରରେ ସମସ୍ତଙ୍କ ଭିତରେ ଏଡ଼୍‌ସ୍ ପରି ଭୟାନକ ରାକ୍ଷାସ ବିରୁଦ୍ଧରେ ମିଳିତ ଭାବେ ସଂଗ୍ରାମ କରିବା ପାଇଁ ବଜ୍ରଶପଥର ସଂକଳ୍ପ ଦିବସ ହେଉ । ତେବେ ବଡ଼ ଖୁସିର କଥା ରାଜ୍ୟ ସରକାରଙ୍କ ସ୍ୱାସ୍ଥ୍ୟ ବିଭାଗ ଏହି ଏଡ଼୍‌ସ୍‌ର ମୁକାବିଲା ପାଇଁ ବ୍ୟାପକ ଲୋକାଭିମୁଖୀ କାର୍ଯ୍ୟକ୍ରମ ହାତକୁ ନେଇଛନ୍ତି । ବିନା ସରକାରୀ ସହାୟତା ବା କୌଣସି ସଂଗଠନର ସାହାଯ୍ୟ ନନେଇ ବିଭିନ୍ନ ଅନୁଷ୍ଠାନ ବର୍ଷର ବିଭିନ୍ନ ସମୟରେ କାର୍ଯ୍ୟକ୍ରମ ହାତକୁ ନେଉଛି । ସମାଜରେ ଭୟାବହ କୁହାଯାଉଥିବା ଏଡ଼୍‌ସ୍ ଓ ହେପାଟାଇଟିସ୍ ବି ଉଭୟ ସମଭାବରେ ସଂକ୍ରମଣ ହୁଅନ୍ତି । ଯାହାଦ୍ୱାରା ବିଶେଷକରି ଦାଦନମାନେ ବାହାର ରାଜ୍ୟକୁ ଯାଉଥିବାରୁ ତଥାକଥିତ ଅଞ୍ଚଳରେ ଦାଦନମାନଙ୍କ ଦ୍ୱାରା ଏଡ଼୍‌ସର ସମ୍ଭାବ୍ୟ ଭୟ ପାଇଁ ରାଜ୍ୟ ସରକାରଙ୍କ ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ସ୍ୱତନ୍ତ୍ର ଏଡ଼୍‌ସ ସେଲ ମଧ୍ୟ ଗଠନ ହୋଇ ଏଡସ୍ ନିରାକରଣ ତଥା ଏଥିପ୍ରତି ସଚେତନ ପାଇଁ ଯେଉଁ କାର୍ଯ୍ୟକ୍ରମ ହାତକୁ ନିଆଯାଇଛି, ତାହା ସଫଳ ହେଉଛି । ତେବେ ଏହି ଦାୟିତ୍ୱକୁ ଆମ ସମାଜରେ ସମସ୍ତଙ୍କ ଭିତରେ ଏକ ମିଳିତ ଉତ୍ତରଦାୟିତ୍ୱ ଭାବେ ବିଚାର କଲେ ସମାଜରେ ଏଡ଼୍‌ସ୍ ରାକ୍ଷାସର ମୂଳୋତ୍ପାଟନ ସମ୍ଭବ ହୋଇପାରିବ ।

**ପ୍ରଫେସର ଡାକ୍ତର ଜୟନ୍ତ କୁମାର ପଣ୍ଡା**
*ପ୍ରଫେସର ଓ ବିଭାଗୀୟ ମୁଖ୍ୟ, ଭେଷଜ ବିଭାଗ, ଶହୀଦ ଲକ୍ଷ୍ମଣ ନାୟକ ମେଡ଼ିକାଲ କଲେଜ ଓ ହସ୍ପିଟାଲ, କୋରାପୁଟ, ଦୂରଭାଷ: ୦୬୭୧୨୩୦୨୩୦୦*




# ସଂରକ୍ଷିତ ଜଙ୍ଗଲରୁ ଟ୍ରାକ୍ଟର ଜବତ୍ କରି ବନବିଭାଗ ଛାଡିଦେଲା

କେନ୍ଦୁଝର(ପିଏନ)- କେନ୍ଦୁଝର ସଦର ରେଞ୍ଜ ନେଲୁଙ୍ଗ ସଂରକ୍ଷିତ ଜଙ୍ଗଲ ଅନ୍ତର୍ଗତ ଭାଲଘର ନାଳରୁ ବେଆଇନଭାବେ ବାଲି ଲୋଡ କରୁଥିବା ଏକ ଟ୍ରାକ୍ଟରକୁ ବନ ବିଭାଗ ଜବତ୍ କରି ପରେ ଛାଡି ଦେବା ଚର୍ଚ୍ଚାର ବିଷୟ ହୋଇଛି । ଟାଉନ ଫରେଷ୍ଟ ସେକ୍ସନ ଅନ୍ତର୍ଗତ ସଂରକ୍ଷିତ ଜଙ୍ଗଲ ଭିତରେ ଥିବା ଭାଲୁଘର ନାଳରୁ ଗୁରୁବାର ଅପରାହ୍ନରେ ବାଲି ଚୋରୀ ହେଉଥିବା ଖବର ପାଇ ସଦର ରେଞ୍ଜର ଅରବିନ୍ଦ ନାୟକ, ଟାଉନ ଫରେଷ୍ଟର ଭୂପତି ସେଠୀ, ବେଲଦା ଫରେଷ୍ଟ ଗାର୍ଡ ମିତ୍ରଭାନୁ ନାୟକ ଅନ୍ୟ ବନ କର୍ମଚାରୀଙ୍କ ସହ ଘଟଣାସ୍ଥଳକୁ ଯାଇ ବାଲି ବୋଝେଇ ଟ୍ରାକ୍ଟର ଗାଡି ଜବତ୍ କରିଥିଲେ । ପରେ ଜବତ୍ ଟ୍ରାକ୍ଟରକୁ ନରଣପୁର ଫରେଷ୍ଟ ଡିପୋରେ ରଖାଯାଇଥିଲା । ତେବେ ଶନିବାର ଦିନ ଭୋର ସମୟରେ ବନ କର୍ମଚାରୀ ଏବଂ ମାଫିଆ ମଧ୍ୟରେ ମୂଲଚାଲ ହେବା ପରେ ଉକ୍ତ ଗାଡିକୁ ଛାଡି ଦିଆଯାଇଥିବା ଅଭିଯୋଗ ହୋଇଛି । ନରଣପୁର ଫରେଷ୍ଟ ଡିପୋ ଭିତରେ ଥିବା ଟ୍ରାକ୍ଟର ଜବତ୍ ସମୟରେ ରେଜିଷ୍ଟ୍ରର ରେ ଲେଖା ଯାଇନଥିବାବେଳେ ସିଜର ଲିଷ୍ଟ କରାଯାଇନାହିଁ । ତେବେ ବିନା ଜିମାନାମରେ ଗାଡି କିପରି ଛଡା କିପରି ଛଡାଗଲା ତାହାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି । ଏ ନେଇ ଏସିଏଫ ଘନଶ୍ୟାମ ମହାନ୍ତଙ୍କ ସହ ଯୋଗଯୋଗ କରିବାରୁ ଗାଡି ଜବତ୍ ସମୟରେ ମୋତେ ଅବଗତ କରିନଥିବା କହିଛନ୍ତି । ଡିଏଫଓ ସ୍ୱୟମ ମଲ୍ଲିକଙ୍କ ସହ ଯୋଗାଯୋଗ କରିବାରୁ ଘଟଣାର ତଦନ୍ତ ପରେ ପଦକ୍ଷେପ ନିଆଯିବ । ସଦର ରେଞ୍ଜର ଅରବିନ୍ଦ ନାୟକଙ୍କ ସହ ଯୋଗାଯୋଗ କରିବାରୁ ଜବତ୍ ଗାଡିର କାଗଜପତ୍ର ଯାଂଚ ପରେ ଛାଡି ଦିଆଯାଇଥିବା ପ୍ରକାଶ କରିଛନ୍ତି । ନେଲୁଙ୍ଗ ସଂରକ୍ଷିତ ଜଙ୍ଗଲ ଏବଂ ମଇଦାନକେଲ, ରଘୁନାଥପୁର ଏବଂ ନରଣପୁର ସଂରକ୍ଷିତ ଜଙ୍ଗଲରୁ ଲଘୁ ଖଣିଜ ସମ୍ପଦ ଅବାଧରେ ଚୋରୀ ହେଉଥିଲେ ହେଁ ବନ ବିଭାଗ ଜାଣି ଚୁପ ରହୁଥିବା ଅଭିଯୋଗ ହୋଇଛି । ସଂରକ୍ଷିତ ଜଙ୍ଗଲ ଭିତରେ ରାସ୍ତା କରି ମାଫିଆମାନେ ଜଙ୍ଗଲ ଧ୍ୱଂସ କରି ବାଲି, ପଥର, ମୋରମ ଚୋରୀ କରୁଥିବାବେଳେ ବନ ବିଭାଗ ନୀରବଦ୍ରଷ୍ଟା ରହୁଛି । ଏପରିକି ଉପରସ୍ଥ ଅଧିକାରୀ ନିୟମିତ ସଂରକ୍ଷିତ ଜଙ୍ଗଲ ପରିଦର୍ଶନରେ ଯାଉନଥିବାରୁ ଏହାର ସୁଯୋଗରେ ତଳତଳିଆ କର୍ମଚାରୀ ମାଫିଆଙ୍କ ସଲାସୁତୁରାରେ ଲଘୁ ଖଣିଜ ସମ୍ପଦ ଲୁଟ କାର୍ଯ୍ୟକୁ ପ୍ରୋତ୍ସାହନ କରୁଛନ୍ତି ।

# ମଧୁଶାସନ ଗ୍ରାମର ଶ୍ରୀଦଧିବାବନଜୀଉଙ୍କ ସ୍ଥାବର,ଅସ୍ଥାବର ସମ୍ପତ୍ତି ହଡପ ଓ ଅର୍ଥ ଆତ୍ମସାତ ଅଭିଯୋଗ

କେନ୍ଦ୍ରାପଡା, (ପିଏନ)- ଜିଲ୍ଲାର ପାଟକୁରା ଥାନା ଅନ୍ତର୍ଗତ ମଧୁଶାସନ ଗ୍ରାମର ଅଧିଷ୍ଠାତା ଶ୍ରୀ ଦଧିବାବନଜୀଉଙ୍କ ସ୍ଥାବର ଓ ଅସ୍ଥାବର ସମ୍ପତ୍ତି ହଡପ କରାଯିବା ସହ ଅର୍ଥ ଆତ୍ମସାତ କରାଯାଇଥିବା ମଧୁଶାସନ ଗ୍ରାମପଂଚାୟତର ଅଧିବାସୀମାନେ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି । ଅଭିଯୋଗରୁ ପ୍ରକାଶ ଯେ ମଧୁଶାସନ ଗ୍ରାମର ଦୁର୍ଗା ପ୍ରସାଦ ଦାସ ନାମକ ଜନୈକ ବ୍ୟକ୍ତି ଚଂଚକତା କରି ଦେବୋତ୍ତର ବିଭାଗର କେତେକ ଅସାଧୁ କର୍ମଚାରୀଙ୍କୁ ହାତକରି ମଧୁଶାସନ ଗ୍ରାମର ଆରାଧ୍ୟ ଦେବତା ଶ୍ରୀ ଦଧିବାବନଜୀଉଙ୍କ ମନ୍ଦିର ପରିଚାଳନା ପାଇଁ ଏକ ଟ୍ରଷ୍ଟବୋର୍ଡ ଗଠନ କରି ନିଜେ ସେହି ବୋର୍ଡର ସଭାପତି ଭାବେ ପ୍ରାୟ ବର୍ଷକରୁ ଉର୍ଦ୍ଧ୍ୱ ହେବ ରହିଛନ୍ତି । ସେ ଶ୍ରୀଜୀଉଙ୍କ ସ୍ଥାବର ଓ ଅସ୍ଥାବର ସମ୍ପତ୍ତିକୁ ନିଜେ ଓ ନିଜର କିଛି ଅନ୍ଧ ସମର୍ଥକଙ୍କ ସହାୟତାରେ ହଡପ କରିବା ସହିତ ଶ୍ରୀଜୀଉଙ୍କ ଅର୍ଥ ଆତ୍ମସାତ କରୁଥିବା ଅଭିଯୋଗ ହୋଇଛି । ଶ୍ରୀଜୀଉଙ୍କ ପାଇଁ ବିଭିନ୍ନ ସମୟରେ ଦାତାମାନେ ଦାନ କରୁଥିବା ଅର୍ଥକୁ ମଧ୍ୟ ଆତ୍ମସାତ କରାଯାଉଥିବା ଅଭିଯୋଗ ହୋଇଛି । ଏପରିକି ଶ୍ରୀଜୀଉଙ୍କ ନାମରେ ଥିବା ସମ୍ପତି ମଧୁଶାସନ ମୌଜାର ଖାତା ନମ୍ବର - ୪୨୨, ପ୍ଲଟ ନମ୍ବର ୩୫୮୩ ଉପରେ ଥିବା ମୂଲ୍ୟବାନ ଶାଗୁଆନ ଗଛ ୩ଟିକୁ ରାତାରାତି କାଟି ବିକ୍ରୀ କରିବା ସହ ଖାତା ନମ୍ବର ୧୨୯୯, ପ୍ଲଟ ନମ୍ବର ୫୩୧୫ ଓ ୫୩୧୬/୫୫୯୨ ଉପରୁ ବହୁ ଦିନର ମୂଲ୍ୟବାନ ୧୦ଟି ତାଳଗଛକୁ କାଟି ବିକ୍ରୀ କରିଦେଇଥିବା ଅଭିଯୋଗ ହୋଇଛି । ସେହି ଗଛ ସବୁର ମୂଲ୍ୟ ଆନୁମାନିକ ପ୍ରାୟ ଏକଲକ୍ଷ ଟଙ୍କାରୁ ଉର୍ଦ୍ଧ୍ୱ ହେବ । ଅଭିଯୋଗକାରୀମାନେ ଏସମ୍ପର୍କରେ ଟ୍ରଷ୍ଟର ସଭାପତି ଶ୍ରୀ ଦାସଙ୍କୁ ପଚାରିବାରେ ଶ୍ରୀ ଦାସ ସେମାନଙ୍କୁ ଗୁଣ୍ଡା ଲଗାଇ ଧମକଚମକ ଦେବା ସହ ଜୀବନରୁ ମାରିଦେବାକୁ ଧମକପୂର୍ଣ୍ଣ ବାଣୀ ଶୁଣାଇଥିବା ଅଭିଯୋଗ ହୋଇଛି । ଏଥିସହିତ କେତେକ ଉଚ୍ଚପଦସ୍ଥ ସରକାରୀ ଅଧିକାରୀଙ୍କୁ ମିଛ କହି ଅଭିଯୋଗକାରୀମାନଙ୍କ ନାମରେ ଥାନାରେ ମିଥ୍ୟା ମାମଲା କରିବା ସହ ବିଭିନ୍ନ ମିଥ୍ୟା କେଶକରି ନାନା ପ୍ରକାର ଅସୁବିଧାରେ ପକାଉଥିବା ମଧ୍ୟ ଅଭିଯୋଗ ହୋଇଛି । ସେହି ଟ୍ରଷ୍ଟବୋର୍ଡରେ ଗରଦପୁର ତହସିଲଦାର ଓ ପାଟକୁରା ଥାନାର ଭାରପ୍ରାପ୍ତ ଇନିସପେକ୍ଟରଙ୍କୁ ସଦସ୍ୟ ଭାବରେ ରଖାଯାଇଥିବା ବେଳେ ଅଭିଯୋଗକାରୀଙ୍କ ପରିବାରର ୨/୩ଜଣଙ୍କ ନାମରେ ମିଥ୍ୟା ମାମଲା କରାଯାଉଥିବା ସହ ସେହି ପରିବାରର ମହିଳାମାନଙ୍କ ପ୍ରତି ଅସଦାଚରଣ କରିବାକୁ ମଧ୍ୟ ଟ୍ରଷ୍ଟର ସଭାପତି ପଛାଉନଥିବା ଅଭିଯୋଗ ହୋଇଛି । ସଂପୃକ୍ତ ସଭାପତି ଭୁବନେଶ୍ୱରରେ ରହୁଥିବା ବେଳେ ଗ୍ରାମର ଅଧିକାଂଶ ଲୋକଙ୍କୁ ବିଭିନ୍ନ ମାଲିମକଦ୍ଦମାରେ ଛନ୍ଦି ହଇରାଣ କରିବା ସହ ଶ୍ରୀଜୀଉଙ୍କ ସମ୍ପତ୍ତି କୁ ହଡପ କରିବା ଓ ଅର୍ଥକୁ ଆତ୍ମସାତ କରୁଥିବା ଯୋଗୁଁ ଶ୍ରୀଜୀଉଙ୍କ ଦୈନନ୍ଦିନ ନୀତିକାନ୍ତିରେ ଘୋର ବାଧା ସୃଷ୍ଟି ହେଉଥିବା ଅଭିଯୋଗ ହୋଇଛି । ଏସମ୍ପର୍କରେ ବିଧିବଦ୍ଧ ତଦନ୍ତ କରାଯାଇ ଦୋଷୀ ବିରୋଧରେ ଦୃଢ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବାକୁ ଅସିତ କୁମାର ମହାନ୍ତି, ତାରକେଶ୍ୱର ତ୍ରିପାଠୀ, ପ୍ରମୋଦ କୁମାର ସାହୁ, ଚିତରଞ୍ଜନ ବାରିକ, ନିରଞ୍ଜନ ପଣ୍ଡା, ଭବାନିଶ ପଣ୍ଡା ପ୍ରମୁଖ ଅଭିଯୋଗକାରୀମାନେ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି ।

# ଖଣିରେ ସ୍ଥାନୀୟ ନିଯୁକ୍ତି ନେଇ ଶ୍ରମିକଙ୍କ ଧାରଣା





ଯୋଡା,(ପିଏନ)- କେନ୍ଦୁଝର ଜିଲ୍ଲା ଯୋଡା ଖଣିମଣ୍ଡଳ ଅନ୍ତର୍ଗତ ବଳଦା ଗ୍ରାମପଞ୍ଚାୟତର ସିଲ୍‌ଯୋଡା ସ୍ଥିତ କାସଭି ଇନ୍‌ଟରନ୍ୟାସନାଲ ପ୍ରାଇଭେଟ୍ ଲିମିଟେଡ ଖଣିରେ ବିଭିନ୍ନ ଦାବି କରି ଗ୍ରାମବାସୀ ମାନେ ମଙ୍ଗଳବାର ପୂର୍ବାହ୍ନରେ ଖଣି ଲିଜ ପରିସରରେ ଧାରଣା ଦେଇଥିବା ଜଣାପଡିଛି । ବିର୍ସାମୁଣ୍ଡା ଲେବର କନ୍‌ଟ୍ରାକ୍ଟ ଓ ଆଦିବାସୀ କଲ୍ୟାଣ ସମିତି ପକ୍ଷରୁ ଏହି ଧାରଣା ଦିଆଯାଇଥିବା ଖବର ମିଳିଛି । ପ୍ରଶାସନକୁ ଜଣାଇ କୋଭିଡ୍ ନିୟମକୁ ପାଳନ କରି ଖଣି ପ୍ରଭାବିତ ସିଲଯୋଡା, ଗୁରୁଡା, ତାଟପାଣି ପ୍ରଭୃତି ଗ୍ରାମର ଗ୍ରାମବାସୀ ମାନେ ବିଭିନ୍ନ ଦାବି କରି କାସଭି ଖଣି ପରିସରରେ ଧାରଣାରେ ବସିଛନ୍ତି । ପୂର୍ବରୁ ଏହି ଖଣିଟି ମାଙ୍ଗିଲାଲ ରୁଙ୍ଗଟାର ସିଲିଯୋଡା କାଳିମାଟି ଅଧୀନରେ ଥିଲା । ନିଲାମ ପ୍ରକ୍ରିୟାରେ ଅଧିକ ମୂଲ୍ୟ ଦେଇ କାସଭି ଇନଟରନ୍ୟାସନାଲ ପ୍ରାଇଭେଟ ଲିମିଟେଡ ଖଣି ହାତେଇବା ପରେ ପୂର୍ବରୁ ଖଣିରେ କାର୍ଯ୍ୟ କରୁଥିବା ଶ୍ରମିକ ମାନଙ୍କୁ ଓ ଅନ୍ୟାନ୍ୟ ଅଧିକାରୀ ମାନଙ୍କୁ ପୁନଃ ନିଯୁକ୍ତି ଦିଆଯାଇନଥିବାରୁ ଗ୍ରାମବାସୀ ମାନଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି । ଯୋଗ୍ୟତା ଥାଇ ମଧ ସ୍ଥାନୀୟ ଲୋକଙ୍କୁ ସାମାନ୍ୟ ସୁରକ୍ଷା କର୍ମୀ ଚାକିରୀ ମଧ ଦିଆଯାଉନାହିଁ । ଏହି ଖଣିରେ ନିଯୁକ୍ତିକୁ କେନ୍ଦ୍ର କରି ଗତ ସେପ୍ଟେମ୍ବର ମାସ ୨୫ ତାରିଖରେ ଏକ ହିଂସାତ୍ମକ ଆକ୍ରମଣ ଘଟଣା ଘଟିଥିଲା । ଖଣିର ଖଣି ସପକ୍ଷ ବାଦୀ ମାନେ ଏହି ଆକ୍ରମଣ ଭିଆଇଥିବା ଗ୍ରାମବାସୀ ସୁଶାନ୍ତ ଖିଲାର, ସୁବିଦାର ଗାଗରାଇ, ଯୋସେ' ବେଙ୍ଗରା, ବିକାଶ ମହାକୁଡ ପ୍ରମୁଖ ଅଭିଯୋଗ କରିଛନ୍ତି । ସ୍ଥାନୀୟ ମହିଳା ମିନା କୁମାରୀ ସିଂ, ମୁସକୁନି ସଏ, ସରସ୍ୱତୀ ପିଙ୍ଗୁଆ, ସୁମିତ୍ରା ଗଇପାଇ, ସଙ୍ଗିତା ପିଙ୍ଗୁଆ, ଚାମାନୁ ଲାକ୍ରା, ଡାଲିମ୍ବ ଗାଗରାଇ, ରିଙ୍ଗି ହେମ୍ବ୍ରମ ପ୍ରମୁଖ ଲୁହ ଓ କୋହଭରା କଣ୍ଠରେ କହିଛନ୍ତି ଯେ ଦୀର୍ଘ ୬ ରୁ ୭ ମାସ ହେଲାଣି ଖଣିରେ ନିଯୁକ୍ତି ନପାଇ ଭୋକ ଉପାସରେ ଦିନ କାଟୁଛନ୍ତି । ସ୍ଥାନୀୟ କାସଭି ଖଣି କମ୍ପାନୀ ଶ୍ରମିକ ମାନଙ୍କୁ ପୁନଃ ନିଯୁକ୍ତି ଦେଉନଥିବାରୁ ବେରୋଜଗାର ନିରାଶ ହୋଇ ଘରେ ରହିଛନ୍ତି । ଖଣିରେ କାର୍ଯ୍ୟ କରି ଜିବୀକା ନିର୍ବାହ କରୁଥିବାରୁ ବର୍ତ୍ତମାନ କାର୍ଯ୍ୟହରା ହୋଇ ବିଭିନ୍ନ ସମସ୍ୟାର ସମ୍ମୁଖୀନ ହେଉଥିବା କହିଛନ୍ତି । ଗ୍ରାମର ନରେନ୍ଦ୍ର କୁମାର ପାତ୍ର ତାଙ୍କ ଅଭିଯୋଗରେ କହିଛନ୍ତି ଯେ, ସିଲଯୋଡା-କାଳିମାଟି ମାଙ୍ଗାନିଜ୍ ଆଇରନ୍ ମାଇନ୍ସ ଦୁଇଟି ଗ୍ରାମପଞ୍ଚାୟତ ନାମରେ ହୋଇଅଛି । ହେଲେ ଏହି ଦୁଇଟି ପଞ୍ଚାୟତ ବାସୀଙ୍କୁ କୌଣସି ସୁବିଧା ସୁଯୋଗ ମିଳିପାରୁନାହିଁ । ଆଦିବାସୀ କଲ୍ୟାଣ ସମିତିର ସଭାପତି ବିଦ୍ୟାସାଗର ରଣା, ସମ୍ପାଦକ ଭିମ ପିଙ୍ଗୁଆ କହିଛନ୍ତି ଯେ ଜିଲ୍ଲାପାଳ ଓ ଏସ୍‌ପିଙ୍କ ଠାରେ ଏ ସଂକ୍ରାନ୍ତରେ ଅଭିଯୋଗ କରାଯାଇଛି । ଜଙ୍ଗଲ ନେଲ, ଜମି ନେଲ, ପାଣି ନେଲ, ଆଦିବାସୀଙ୍କର ମୌଳିକ ସୁବିଧାରୁ କାସଭି ଖଣି କମ୍ପାନି ବଞ୍ଚିତ କଲ ଯଦି ଦମ୍ ନାହିଁ ତେବେ ସରକାରଙ୍କ ଠାରୁ ଖଣି ନେଲ କାହିଁକି ବୋଲି ଆଦିବାସୀ ନେତା ସେଲେଇ ତିରିଆ ପ୍ରକାଶ କରିଥିଲେ । ସେଠାରେ ଉପସ୍ଥିତ ଥିବା ଆଦିବାସୀ ଶ୍ରମିକ ନେତା ମାନେ କହିଥିଲେ ଯେ ଦାବି ପୂରଣ ନହେଲେ ଅନିର୍ଦ୍ଦିଷ୍ଟ କାଳ ପର୍ଯ୍ୟନ୍ତ ଧାରଣା ଜାରି ରହିବ ।

# ପାରାଦୀପ ବନ୍ଦର ପକ୍ଷରୁ ମିଳିତ ମେଗା ମକ୍ ଡ୍ରିଲ୍

ପାରାଦୀପ,(ପି.ଏନ): ପାରାଦୀପ ବନ୍ଦର ପ୍ରଶାସନ ପକ୍ଷରୁ ମଙ୍ଗଳବାର ଦିନ ମିଳିତ ମେଗା ମକ୍ ଡ୍ରିଲ୍ ଆୟୋଜିତ ହୋଇଯାଇଛି । ପାରାଦୀପ ବନ୍ଦର ସିଆଇଏସଏଫ୍ ପକ୍ଷରୁ ପାରାଦୀପ ମୁଖ୍ୟ ଅଗ୍ନି ନିର୍ବାପନ କେନ୍ଦ୍ରଠାରେ ଆୟୋଜିତ ମକ୍ ଡ୍ରିଲ୍‌ରେ ପାରାଦୀପ ବନ୍ଦର ସମେତ ଜିଲ୍ଲା ପ୍ରଶାସନ, ଏନଡିଆରଏଫ୍ ମୁଣ୍ଡୁଳିର ଅଧିକାରୀ ଓ କର୍ମଚାରୀମାନେ ସାମିଲ ହୋଇଥିଲେ । ଏହି ମକ୍ ଡ୍ରିଲ୍ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ପାରାଦୀପ ବନ୍ଦର ଅଧକ୍ଷ ପି.ଏଲ୍.ହରନାଦ, ସମ୍ମାନୀତ ଅତିଥି ଭାବେ ଉପାଧ୍ୟକ୍ଷ ନିଲଭ୍ର ଦାସଗୁପ୍ତା ଏହି ସାଇଟ୍ ଲେଭଲ-୩ରେ ଯୋଗ ଦେଇଥିଲେ । ମେରାଇନ୍ ସାଇଟ୍ ଅଫିସ୍‌ରେ ଏକ ଭଙ୍ଗା ଗୃହ ମଧ୍ୟରୁ ବାତ୍ୟାରେ ଫସି ରହିଥିବା ବ୍ୟକ୍ତିଙ୍କୁ କିପରି ଉଦ୍ଧାର କରାଯାଇ ପାରିବ ତାହାର ନମୁନା ପ୍ରଦର୍ଶିତ ହୋଇଥିଲା । ଏହା ପରେ ରୋଷେଇ ଗ୍ୟାସ ଦୁର୍ଘଟଣାରୁ କିପରି ପ୍ରଶମନ କରାଯାଇ ପାରିବ ସେ ସମ୍ପର୍କରେ ମକ୍ ଡ୍ରିଲ୍ ପ୍ରଦର୍ଶନ କରାଯାଇଥିଲା । ପାରାଦୀପ ବନ୍ଦର ସମେତ ସହଯୋଗୀ ସଂସ୍ଥାର ଅଗ୍ନି ନିର୍ବାପନ କେନ୍ଦ୍ରର କର୍ମଚାରୀମାନେ ଏହି ମକ୍ ଡ୍ରିଲ୍‌ରେ ସାମିଲ ହୋଇଥିଲେ । ଏନଡିଆରଏଫ୍ ୩ୟ ବାଟାଲିୟାନ ମୁଣ୍ଡୁଳିର ଆସିଷ୍ଟାଣ୍ଡ କମାଣ୍ଡର ଗୌରବ ଜଗନାନୀ ମକ୍ ଡ୍ରିଲ୍ ସମ୍ପର୍କରେ ସବିଶେଷ ସୂଚନା ଦେଇଥିଲେ । ଶେଷରେ ବନ୍ଦର ଅଧକ୍ଷ ଶ୍ରୀ ହରନାଦ ସମସ୍ତ ସହଯୋଗୀ ସଂସ୍ଥାମାନଙ୍କୁ ଧନ୍ୟବାଦ ଜଣାଇଥିଲେ ।

# ଅଜଣା ଗାଡି ଧକ୍କାରେ ଜଣେ ମୃତ, ୨ ଗୁରୁତର

ହରିଚନ୍ଦନପୁର(ପିଏନ)- ହରିଚନ୍ଦନପୁର ଥାନା ଅନ୍ତର୍ଗତ ଖଡିବାହାଲି ଛକ ନିକଟରେ ଏକ ଅଜଣା ଗାଡି ଧକ୍କାରେ ଜଣେ ମୃତ ହୋଇଥିବା ବେଳେ ୨ଜଣ ଗୁରୁତର ଆହତ ହୋଇଛନ୍ତି ଏବଂ ଜଣେ ସାମାନ୍ୟ ଆହତ ହୋଇଛନ୍ତି । ମିଳିଥିବା ସୂଚନା ଅନୁଯାୟୀ ଯାଜପୁର ଜିଲ୍ଲା କାଳିଆପାଣି ଗ୍ରାମର ସୁଦର୍ଶନ ମହାକୁଡ(୩୮) ସ୍ତ୍ରୀ ଓ ୨ପିଲାଙ୍କ ସହ ମୟୁରଭଞ୍ଜ ଜିଲ୍ଲା ଶ୍ୱଶୁର ଘରକୁ ବୁଲିବାକୁ ଆସିଥିଲେ । ଆଜି ନିଜ ଗ୍ରାମ କାଳିଆପାଣିକୁ ଫେରୁଥିବା ବେଳେ ହରିଚନ୍ଦନପୁର ଥାନା ଖଡିବାହାଲି ଛକ ନିକଟରେ ଏକ ଅଜଣା ଗାଡି ତାଙ୍କୁ ଧକ୍କା ଦେଇଥିଲା । ଫଳରେ ସୁଦର୍ଶନ ମହାକୁଡଙ୍କ ଘଟଣାସ୍ଥଳରେ ହିଁ ମୃତ୍ୟୁ ଘଟିଥିଲା । ସ୍ତ୍ରୀ ରାଇମଣି ମହାକୁଡ (୩୬), ସାନପୁଅ ଚିନ୍ମୟ (୬) ଗୁରୁତର ଆହତ ହୋଇଥିବା ବେଳେ ବଡପୁଅ ରାହୁଲ (୮) ସାମାନ୍ୟ ଆହତ ହୋଇଥିବା ଜଣାପଡିଛି । ଆହତ ମାନଙ୍କୁ ଆମ୍ବୁଲାନ୍ସ ଯୋଗେ ହରିଚନ୍ଦନପୁର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା

# ଦରଡିପାଳରେ ଶତାୟୁ ମହିଳାଙ୍କ ପରଲୋକ

ଘଷିପୁରା(ପିଏନ)- ଘଷିପୁରା ବ୍ଲକ ଦରଡିପାଳ ଗ୍ରାମରେ ସ୍ୱର୍ଗତ ନରସିହଂ ନାୟକଙ୍କ ଧର୍ମପତ୍ନୀ କ୍ଷେତ୍ରମଣୀ ନାୟକଙ୍କ ଆଜି ୧୦୫ ବର୍ଷ ବୟସରେ ପରଲୋକ ହୋଇଯାଇଛି । ତାଙ୍କର ମୃତ୍ୟୁ ଶଯ୍ୟା ନିକଟରେ ଦୁଇପୁଅ ଆନନ୍ଦ ଚନ୍ଦ୍ର ନାୟକ ଅବସରପ୍ରାପ୍ତ କୃଷି ପରିଦର୍ଶକ ଏବଂ ଦିବାକର ନାୟକ ଅବସରପ୍ରାପ୍ତ ବ୍ୟାଙ୍କ୍ ମ୍ୟାନେଜରଙ୍କ ସହିତ ସମସ୍ତ ନାତି ନାତୁଣୀ, ଅଣନାତି, ଅଣନାତୁଣୀ ଏବଂ ସାହିପଡିଶା ଉପସ୍ଥିତ ଥିବା ସହ ତାଙ୍କର ଶବ ସତ୍କାର କରାଯାଇଥିଲା । ବହୁ ମାନ୍ୟଗଣ୍ୟ ବ୍ୟକ୍ତି ତାଙ୍କର ଶେଷ ଦର୍ଶନ କରିଥିଲେ ।

# ଯୋଡା ପୌରାଞ୍ଚଳରେ ସେପ୍ଟେଜ ବିଶୋଧନାଗାରର ଭିତ୍ତିପ୍ରସ୍ତର ସ୍ଥାପନ




ଯୋଡା(ପିଏନ)- କେନ୍ଦୁଝର ଜିଲ୍ଲା ଯୋଡା ପୌରାଞ୍ଚଳର ୬ନଂ ୱାର୍ଡ ବାଚୁହାଟିଂ ଠାରେ ପୌରପାଳିକା ପକ୍ଷରୁ ୨୦କେଏଲଡି କ୍ଷମତା ବିଶିଷ୍ଟ ଏକ ସେପ୍ଟେଜ ଟ୍ରିଟମେଣ୍ଟ ପ୍ଲାଣ୍ଟର ଶୁଭ ଭିତ୍ତିପ୍ରସ୍ତର ସ୍ଥାପନ କରାଯାଇଛି । ଏହି ଟ୍ରିଟମେଣ୍ଟ ପ୍ଲାଣ୍ଟ ଯୋଡା ସହରର ସମସ୍ତ ଘରର ସେପ୍ଟି ଟ୍ୟାଙ୍କରୁ ନିଷ୍କାସିତ ମଇଳାକୁ ବିଶୋଧନ କରାଯାଇ ସ୍ୱଚ୍ଛ ଓ ସୁନ୍ଦର ପରିବେଶ ସୃଷ୍ଟି କରିବା ନିମନ୍ତେ ପୌରପାଳିକା ପକ୍ଷରୁ ଏହା କରାଯାଇଛି । ରାଜ୍ୟ ସରକାରଙ୍କ ଗୃହ ନିର୍ମାଣ ଓ ନଗର ଉନ୍ନୟନ ବିଭାଗ, ରାଜ୍ୟ ଜଳଯୋଗାଣ ବିଭାଗ ଏବଂ ସ୍ୱରେଜ ବୋର୍ଡ ଆନୁକୂଲ୍ୟରେ ଓଡିଶା କନଷ୍ଟ୍ରକସନ କମ୍ପାନୀ (ଓସିସି)କୁ ଟେଣ୍ଡର ମାଧ୍ୟମରେ ୨ କୋଟି ୬୪ ଲକ୍ଷ ୧୭ ହଜାର ଟଙ୍କା ବ୍ୟୟ ଅଟକଳରେ ୧୧ ମାସ ମଧ୍ୟରେ ସମ୍ପୂର୍ଣ୍ଣ କରିବା ପାଇଁ କାର୍ଯ୍ୟାଦେଶ ଦିଆଯାଇଛି । ଏହି ଭିତ୍ତିପ୍ରସ୍ତର ସ୍ଥାପନ ଉତ୍ସବରେ ମୁଖ୍ୟଅତିଥି ଭାବେ ନଗର ଉନ୍ନୟନ ବିଭାଗର ପ୍ରକଳ୍ପ ନିର୍ଦ୍ଦେଶକ ଘାସିରାମ ମୁର୍ମୁ ଯୋଗଦେଇ ଭିତ୍ତିପ୍ରସ୍ତର ସ୍ଥାପନ କରିଥିଲେ । ଏହି ପ୍ରକଳ୍ପ ହେବା ଦ୍ୱାରା ପୌରାଞ୍ଚଳର ସମସ୍ତ ୱାର୍ଡରେ ସେପ୍ଟି ଟାଙ୍କିର ମଇଳା ବିଶୋଧନ ହେବା ସହିତ ମାନ୍ୟବର ସର୍ବୋଚ୍ଚ ଅଦାଲତ ଓ ଜାତୀୟ ସବୁଜ ଟ୍ରିବ୍ୟୁନାଲଙ୍କ ଆଦେଶ ପାଳନ ହୋଇପାରିବ ବୋଲି ଯୋଡା ପୌରପାଳିକା କାର୍ଯ୍ୟ ନିର୍ବାହୀ ଅଧିକାରୀ ସୂର୍ଯ୍ୟମଣୀ ପାଟଯୋଶୀ ପ୍ରକାଶ କରିଥିଲେ । ଏହି ଭିତ୍ତିପ୍ରସ୍ତର ସ୍ଥାପନ ଉତ୍ସବରେ ଯୋଡା ପୌରପାଳିକାର ସମସ୍ତ ଅଧିକାରୀ, କର୍ମଚାରୀ, ସ୍ୱଚ୍ଛସାଥୀ ପ୍ରମୁଖ ଉପସ୍ଥିତ ଥିଲେ ।

# ଭୂମିହୀନଙ୍କୁ ଜାଗା ପ୍ରମାଣ ପତ୍ର ପ୍ରଦାନ



ଯୋଡା,(ପିଏନ)- କେନ୍ଦୁଝର ଜିଲ୍ଲା ଯୋଡା ପୌରପାଳିକାରେ ଜାଗାମିଶନ ଯୋଜନାରେ ଏକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ମଙ୍ଗଳବାର ପୂର୍ବାହ୍ନରେ ଓଡିଶା ସରକାରଙ୍କ ଜାଗା ମିଶନ୍ ଯୋଜନା ଶ୍ରେଣୀରେ ଅନ୍ତର୍ଭୁକ୍ତ ହିତାଧିକାରୀ ମାନଙ୍କୁ ଏହି ଅବସରରେ ଜମି ପ୍ରମାଣପତ୍ର ପ୍ରଦାନ କରାଯାଇଛି । ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଚମ୍ପୁଆ ବିଧାୟିକା ମୀନାକ୍ଷୀ ମହାନ୍ତ ଯୋଗ ଦେଇଥିବା ବେଳେ ପୌରପାଳିକା କାର୍ଯ୍ୟନିର୍ବାହୀ ଅଧିକାରୀ ସୂର୍ଯ୍ୟମଣୀ ପାଟଯୋଶୀ, ଯୋଡା ବିକାଶ ପରିଷଦର ସଭାପତି ନିରଞ୍ଜନ ବହିଦାର, ପୂର୍ବତନ ଉପ-ନଗରପାଳ ସୁରେନ୍ଦ୍ରନାଥ ଜେନା ଉକ୍ତ କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ । ଯୋଡା ପୌରପାଳିକାର ୧୪ଟି ୱାର୍ଡରେ ସମୁଦାୟ ୬୨୧୬ ଜଣ ଯୋଗ୍ୟ ହିତାଧିକାରୀଙ୍କୁ ଏହି ଯୋଜନାରେ ଅନ୍ତର୍ଭୁକ୍ତ କରାଯାଇଛି । ମଙ୍ଗଳବାର ଦିନ ତନ୍ମଧ୍ୟରୁ ବନେଇକଳା ଠାରେ ୧୭୫ ଜଣଙ୍କୁ ଭୂମିହୀନଙ୍କୁ ଜାଗା ପ୍ରମାଣପତ୍ର ପ୍ରଦାନ କରାଯାଇଥିବା ନିର୍ବାହୀ ଅଧିକାରୀ ଶ୍ରୀ ପାଟଯୋଶୀ ସୂଚନା ଦେଇଛନ୍ତି । ଏହି ଜମି ଗୁଡିକ ୩୨୩ ବର୍ଗ'ଫୁଟ୍‌ରୁ ସର୍ବାଧିକ ୪୮୦ ବର୍ଗଫୁଟ ମଧ୍ୟରେ ଯୋଗାଇ ଦିଆଯିବ । ପରେ ଜାଗା ପ୍ରମାଣ ପତ୍ର ଦେବା ପରେ ଭୂମି ଅଧିକାର ପତ୍ର ଓ ୨ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ସୁଧମୁକ୍ତ ଋଣ ଯୋଗାଇ ଦେବାର ସରକାରୀ ଯୋଜନା ରହିଥିବା ନିର୍ବାହୀ ଅଧିକାରୀ ପ୍ରକାଶ କରିଥିଲେ ।

# ଡମ୍ପର ମାଲିକଙ୍କ ଧାରଣା ପଞ୍ଚମ ଦିନରେ : ଉପଯୁକ୍ତ ସମାଧାନ ନକରିଲେ ଆଗାମୀ ଦିନରେ ବିକଳ୍ପ ପନ୍ଥାର ଚେତାବନୀ



ଯୋଡା,(ପିଏନ)-କେନ୍ଦୁଝର ଜିଲ୍ଲା ଯୋଡା ଖଣିମଣ୍ଡଳ ଅଧୀନ ହେଁସାବେଡା ସ୍ଥିତ କାସଭି ଇଣ୍ଟରନେସନାଲ ପ୍ରାଇଭେଟ ଲିମିଟେଡ ଖଣି କମ୍ପାନୀ ଟ୍ରକ ମାଲିକ ସଂଘର ଦାବିକୁ ଉପେକ୍ଷା କରି ନିଜର ଖଣିକାର୍ଯ୍ୟ ଜାରି ରଖିଛି । ଖଣି ଲିଜ୍ ପରିସରରେ କାର୍ଯ୍ୟହରା ଡମ୍ପର ମାଲିକ ମାନେ ଖଣିର ପରିବହନ କାର୍ଯ୍ୟରେ ଡମ୍ପର ନିୟୋଜିତ କରିବା ଦାବିରେ ଦୀର୍ଘ ୫ ଦିନ ଧରି ଧାରଣାରେ ବସିଥିଲେ ହେଁ ଖଣି କର୍ତ୍ତୃପକ୍ଷନଦେଖିଲା ଭଳି ଉପେକ୍ଷା କରିଚାଲିଛି । ନୂତନ ଲିଜ ପାଇଥିବା କାସଭି ଇଣ୍ଟରନେସନାଲ ପ୍ରାଇଭେଟ ଲିମିଟେଡ ନିଜର ଖଣିଜ ପରିବହନ ପାଇଁ ବାହାର ଅଞ୍ଚଳର ଭାରୀଯାନ ଆଣି ପରିବହନ କରୁଥିବା ବେଳେ ସ୍ଥାନୀୟ ସଂଘର ଡମ୍ପରକୁ ପରିବହନ କାର୍ଯ୍ୟ ଦେଉନାହିଁ । ଏନେଇ ସଂଘ ପକ୍ଷରୁ ଖଣି କର୍ତ୍ତୃପକ୍ଷଙ୍କୁ ବାରମ୍ବାର ଲିଖିତ ଭାବରେ ଦୃଷ୍ଟି ଆକର୍ଷଣ କରି କୌଣସି ସୁଫଳ ନପାଇବାରୁ ଗତ ୫ ତାରିଖରୁ ଧାରଣା ଆରମ୍ଭ କରିଥିଲେ । ଦୀର୍ଘ ୨୫ ବର୍ଷରୁ ଉର୍ଦ୍ଧ୍ୱ ହେବ ଏହି ସଂଘ ସ୍ଥାନୀୟ ଖଣି ପ୍ରଭାବିତ ଅଞ୍ଚଳର ଡମ୍ପର ମାଲିକ ମାନଙ୍କୁ ନେଇ କାର୍ଯ୍ୟ କରି ଆସୁଅଛି । ପୂର୍ବରୁ କାର୍ଯ୍ୟ କରୁଥିବା ଖଣି ଲିଜଧାରୀ ମାନେ ନିଜର ପରିବହନ କାର୍ଯ୍ୟ ପାଇଁ ସଂଘରୁ ଡମ୍ପର ନେଇ ପରିବହନ କରୁଥିଲେ । ଯାହାଫଳରେ ପରୋକ୍ଷ ଏବଂ ପ୍ରତ୍ୟେକ୍ଷ ଭାବରେ ହଜାର ହଜାର ଲୋକ ଜିବୀକା ନିର୍ବାହ କରି ପାରୁଥିଲେ । ଉକ୍ତ ଖଣିର ପୂର୍ବ ଲିଜଧାରୀ ପଟ୍ଟନାୟକ ମିନେରାଲସ ପ୍ରାଇଭେଟ ଲିମିଟେଡ ଖଣିଜ ପରିବହନରେ ସ୍ଥାନୀୟ ସଂଘର ଡମ୍ପରକୁ ପରିବହନରେ ନିୟୋଜିତ କରୁଥିଲେ । ମାତ୍ର ବର୍ତ୍ତମାନ ନୂତନଲିଜଧାରୀ କାସଭି ଖଣି ସଂଘକୁ ହେୟଜ୍ଞାନ କରି ବାହାର ଅଞ୍ଚଳର ଶତାଧିକ ଭାରୀଯାନ ଆଣି ପରିବହନ କାର୍ଯ୍ୟ କରୁଛି । ଯାହାଫଳରେ ଅଞ୍ଚଳର ଖଣି ପ୍ରଭାବିତ ଗାଡି ମାଲିକ ମାନେ ଜିବୀକା ହରାଇ ହତାଶ ହୋଇପଡିଛନ୍ତି ବୋଲି ମାଇନିଂ ଏରିଆ ଟ୍ରକ ଓନର ଆସୋସିଏସନର ସଭାପତି ଚତୁର୍ଭୁଜ ପଲେଇ ତାଙ୍କ ପ୍ରତିକ୍ରିୟାରେ କହିଛନ୍ତି । ବାରମ୍ବାର ଖଣି କର୍ତ୍ତୃପକ୍ଷଙ୍କୁ ଜଣାଇବା ସତ୍ତ୍ୱେ ମଧ କେହି କର୍ଣ୍ଣପାତ କରୁନାହାଁନ୍ତି । ଡମ୍ପର ମାଲିକ ମାନେ କାର୍ଯ୍ୟ ନପାଇ ବସି ରହିଛନ୍ତି । ସେମାନଙ୍କର ପରିବାର ପ୍ରତିପୋଷଣ କରିବା ମଧ କଷ୍ଟସାଧ ହେଲାଣି । କରୋନା ମହାମାରୀ ପରିସ୍ଥିତିରେ କୌଣସି କାର୍ଯ୍ୟ ନପାଇ ଡମ୍ପରରେ କାର୍ଯ୍ୟ କରୁଥିବା ଡ୍ରାଇଭର, ହେଲପର ଓ ସେମାନଙ୍କର ପରିବାର ବର୍ତ୍ତମାନ ଆର୍ଥିକ ସଂକଟରେ ଶିକାର ହେଲେଣି । ପରିବହନ କାର୍ଯ୍ୟ ହେତୁ ଅଞ୍ଚଳରେ ପ୍ରତ୍ୟେକ୍ଷ ଏବଂ ପରୋକ୍ଷରେ ନିର୍ଭରଶୀଳ ଥିବା ପ୍ରାୟ ଶତକଡା ୮୦ ପ୍ରତିଶତ ଲୋକ ପ୍ରଭାବିତ ହେଲେଣି । କୋଭିଡ-୧୯ ଗାଇଡ ଲାଇନ ରହିଥିବା ସତ୍ତ୍ୱେ ମଧ ଗାଡି ମାଲିକମାନେ ଏହି ନିୟମକୁ ପାଳନ କରି ଧାରଣାରେ ବସିଛନ୍ତି । ହେଲେ ଖଣି କର୍ତ୍ତୃପକ୍ଷ ୫ଦିନ ବିତିଯାଇଥିଲେ ହେଁ ଦାବି ପୂରଣ ନେଇ କୌଣସି ଆଲୋଚନା କରିବାକୁ ଆସିନଥିବା ବୋଲି ମାଟୋଆ ସମ୍ପାଦକ ସତ୍ୟପ୍ରିୟ ବାରିକ ତାଙ୍କ ପ୍ରତିକ୍ରିୟାରେ ପ୍ରକାଶ କରିଛନ୍ତି । ଯଦି ଖଣି କର୍ତ୍ତୃପକ୍ଷ ଏହାର ଉପଯୁକ୍ତ ସମାଧାନ ନକରନ୍ତି ତାହା ହେଲେ ଆଗାମୀ ଦିନରେ ବିକଳ୍ପପନ୍ଥା ଗ୍ରହଣ କରିବାକୁ ବଧ ହେବୁ ବୋଲି ପ୍ରେସ ବିବୃତ୍ତିରେ ଜଣାଇଛନ୍ତି । ତେଣେ କାସଭି ଖଣିର ଜନୈକ ବରିଷ୍ଠ ଅଧିକାରୀ ତାଙ୍କ ପ୍ରତିକ୍ରିୟାରେ କହିଛନ୍ତି ଯେ କାସଭି ଖଣି ନିକଟସ୍ଥ ଜୁରୁଡି ଠାରେ ଥିବା ଜୁରୁଡି ଟ୍ରକ ମାଲିକ ମାନଙ୍କ ସହ ସେମାନେ ଆଲୋଚନା କରି ହାଇୱା ଟ୍ରକ ମାଧ୍ୟମରେ ଖଣିଜ ପରିବହନ କାର୍ଯ୍ୟ କରୁଛନ୍ତି । ଏନେଇ ଯୋଡା ଠାରେ ଥିବା ମାଇନିଂ ଏରିଆ ଟ୍ରକ ଓନର ଆସୋସିଏସନ ସହ କୌଣସି ଆଲୋଚନା କରିବା ଆବଶ୍ୟକତା ନାହିଁ ବୋଲି ସେ କହିଥିଲେ ।

# ମୋ ଓଡ଼ିଶା

## ସନ୍ଥକବି ଭୀମଭୋଇ



ଏକ ସମୟରେ ମହିମା ବା ଅଲେଖ ଧର୍ମ ଓଡ଼ିଆ ସାହିତ୍ୟ ଓ ଧାର୍ମିକ ସାମାଜିକ ଜୀବନକୁ ଗଭୀର ଭାବେ ପ୍ରଭାବିତ କରିଥିଲା। ସମାଜରେ ପ୍ରଚଳିତ ଜାତିଭେଦ, ପ୍ରତିମା ପୂଜା, ତେତିଶ କୋଟି ଦେବାଦେବୀଙ୍କ କଳ୍ପନା ଆରାଧନା ଓ ବାହ୍ୟ ଆଡ଼ମ୍ବରକୁ ଏହା ପ୍ରତ୍ୟାଖ୍ୟାନ କରିଥିଲା। ଏହି ଧର୍ମର ଅନ୍ୟତମ ମୁଖ୍ୟ ପୁରୋଧା ଥିଲେ ଗୃହୀ ଶିଷ୍ୟ ଭୀମ ଭୋଇ। ତାଙ୍କ ଅନୁଗାମୀମାନେ, ତାଙ୍କୁ ଅଯୋନିସଂଭୂତ ଭାବେ ଗ୍ରହଣ କରିଛନ୍ତି। ସେମାନଙ୍କ ଦୃଷ୍ଟିରେ ସେ ଭଗବାନଙ୍କ ଅବତାର ଏବଂ ଅଲେଖ ପୁତ୍ର। ସ୍ୱରଚିତ ସ୍ତୁତି ଚିନ୍ତାମଣିରେ ମଧ୍ୟ ସେ ଏହାର ସୂଚନା ଦେଇଛନ୍ତି ପିତା ଅଟନ୍ତି ମୋ ଅନାଦି ଠାକୁର, ମାତା ଆଦିଶକ୍ତି ନାରୀ, ଦୂତୀ ଯୁଗଳରୁ ଜନମ ଲଭିଛି, କବିକୃତ କଳା ଧରି। ପଞ୍ଚସଖା ଯୁଗର ପରମ ସାଧକ ଅଚ୍ୟୁତାନନ୍ଦ ଦାସ, ତାଙ୍କର ସଂହିତାମାନଙ୍କରେ ଲେଖିଛନ୍ତି, ରାଧା ମାନବ ରୂପ ଧାରଣ କରି କନ୍ଧ ଗୃହରେ ଜନ୍ମ ହେବେ। ଭୀମ ଭୋଇ ନିଜ ଇଚ୍ଛା ଅନୁସାରେ ନାରୀ ରୂପ ଧାରଣ କରିପାରୁଥିଲେ। ଏହା ଅଧ୍ୟାପକ ଶତ୍ରୁଘ୍ନ ନାଥଙ୍କ ସନ୍ଥକବି ଭୀମ ଭୋଇ ପୁସ୍ତକରେ ଉଲ୍ଲେଖିତ। ଥରେ ବାବା ଗଙ୍ଗାଧର ଦାସଙ୍କୁ ଜଙ୍ଗଲରେ ସେ ନାରୀ ରୂପ ଦେଖାଇଥିଲେ। ଅନାଦି ସଂହିତାରେ ଅଚ୍ୟୁତାନନ୍ଦ ଲେଖିଛନ୍ତି 'ଶୁଣଗୋ ସିଦ୍ଧଙ୍କ ବନିତା, ସେ ଭୀମସେନର କଥା। ପୂର୍ବେ ସେ ମହାଶୂନ୍ୟବାସୀ, ରାଧାଙ୍କ ଯେ ଅରୂପ ଅଂଶୀ'। ତାଙ୍କୁ ଏଭଳି ଚିତ୍ରଣ କରାଯାଇଥିବା ବେଳେ ସେ ଥିଲେ ଶ୍ରୀଜଗନ୍ନାଥ ଆରାଧନାର ତୀବ୍ର ବିରୋଧୀ। ପୁରୀରେ ଶ୍ରୀଜଗନ୍ନାଥ ପୂଜା ବନ୍ଦ କରିବା ପାଇଁ ଉଦ୍ୟମ କରିଥିଲେ। ମହିମା ଧର୍ମର ପ୍ରଚାର ପ୍ରସାରରେ ତାଙ୍କର ଭୂମିକା ଉଲ୍ଲେଖନୀୟ ଓ ପ୍ରାତଃ ସ୍ମରଣୀୟ। ତାଙ୍କ ଲେଖନୀ ମୁନରେ ସେ ଏହି ଧର୍ମ ବିଷୟରେ ଅନେକ କାଳଜୟୀ ରଚନା ସୃଷ୍ଟି କରିଛନ୍ତି। ଜୀବନର ଶେଷ ନିଃଶ୍ୱାସ ପର୍ଯ୍ୟନ୍ତ ସେ କାହା ଠାରୁ ବିନ୍ଦୁର ସାହାଯ୍ୟ ବି ଚାହିଁ ନାହାଁନ୍ତି। ସରଳ, ନିଃସ୍ୱାର୍ଥପର ଓ ସମାଜ ସେବା ପାଇଁ ତାଙ୍କ ତମାମ ଜୀବନ ସମର୍ପିତ ଥିଲା। ଆଜିର ସମୟରେ ଭୀମଭୋଇଙ୍କ ପରି ସ୍ରଷ୍ଟା ଓ ଆଧ୍ୟାତ୍ମିକ ସାଧକ ଅତ୍ୟନ୍ତ ବିରଳ। ପ୍ରତିଟି ଶ୍ୱାସପ୍ରଶ୍ୱାସରେ ହିଁ ତାଙ୍କର ମହିମା ଚେତନାର ବାର୍ତ୍ତା ଓ ଭାବନା ରହିଥିଲା। ସେ ସମୟରେ ସେ ନିଜେ ଜଣେ ଗରିବ ହୋଇ ମଧ୍ୟ ଅନେକ ଅସହାୟ ଗରିବ ପରିବାର ପାଇଁ ସାହାଯ୍ୟର ହାତ ବଢ଼ାଇଥିଲେ। ତିଥି ଅନୁସାରେ ଭୀମ ଭୋଇ ବୈଶାଖ ପୂର୍ଣ୍ଣମୀରେ ତାରିଖ ଅନୁସାରେ (ମଇ ୧୦) ରେଢ଼ାଖୋଲର କଟାସିଙ୍ଗାରେ ଜନ୍ମ ହୋଇଥିବା ବିଶ୍ୱାସ କରାଯାଏ।

## ଆହ୍ୱାନ ପକ୍ଷରୁ ବିଶ୍ୱ ମାତୃଦିବସ ପାଳନ

ଯାଜପୁର (ପିଏନ୍): ଯାଜପୁରର ଅଗ୍ରଣୀ ସାମାଜିକ ଓ ସାଂସ୍କୃତିକ ଅନୁଷ୍ଠାନ 'ଆହ୍ୱାନ' ପକ୍ଷରୁ ଉପ-ସଭାପତି ପାଣ୍ଡବ ଚରଣ ସାହୁଙ୍କ ଅଧ୍ୟକ୍ଷତାରେ ସନ୍ଧ୍ୟା ୬ ଘଟିକା ସମୟରେ ବିଶ୍ୱା ମାତୃଦିବସ ପାଳନ କରାଯାଇଥିଲା। ମା' ବିରଜା ଓ ଶ୍ରୀଜଗନ୍ନାଥଙ୍କ ଫଟୋ ଚିତ୍ରରେ ମୁଖ୍ୟ ଅତିଥି ପଣ୍ଡିତ ଭୂପତିଭୂଷଣ ମିଶ୍ର ମାଲ୍ୟାର୍ପଣ କରିବା ସହ ପ୍ରଦୀପ ପ୍ରଜ୍ୱଳନ କରିଥିଲେ। ମାତୃ ଜାତି ଚିର ବନ୍ଦନୀୟା ଓ ମା' ମାନଙ୍କର ଋଣ କେହି କେବେ ସୁଝି ପାରିବେ ନାହିଁ ବୋଲି ଦୃଢ଼ତାର ସହ ପଣ୍ଡିତ ଶ୍ରୀ ମିଶ୍ର ମତବ୍ୟକ୍ତ କରିଥିଲେ। ମୁଖ୍ୟବକ୍ତାଭାବେ ଅଧିକାରୀ ନବକିଶୋର ଦାସ ଯୋଗଦେଇ ସତ୍ୟ, ଦ୍ୱାପର, ତ୍ରେତୟା ଏବଂ କଳିଯୁଗରେ ବିଶ୍ୱବିଦିତ ମହିୟସୀ ନାରୀ ମାନଙ୍କର ଉପାଖ୍ୟାନ ବର୍ଣ୍ଣନା କରିଥିଲେ। ମୁଖ୍ୟ ଉପଦେଷ୍ଟା ହୃଷୀକେଶ ପତି ଏବଂ ଉପଦେଷ୍ଟା ତପନ କୁମାର ମହାରଣ୍ୟ ଶର୍ମା ଓ ମନୋଜା ରାୟ, ସମ୍ମାନିତ ଅତିଥି ଭାବେ ଯୋଗଦେଇ ମାତୃଦିବସ ତାତ୍ପର୍ଯ୍ୟ ସଂପର୍କରେ ଆଲୋଚନା କରିଥିଲେ। ଏହି ଅବସରରେ ଦମୟନ୍ତୀ ସାହୁ, ସରସ୍ୱତୀ ପୃଷ୍ଟି ଏବଂ ଶାନ୍ତିଲତା ସାହୁ ପ୍ରମୁଖ ପୂଜା କରାଯିବା ସହ ସେମାନଙ୍କୁ ଉତ୍ତରୀୟ ଓ ପୁଷ୍ପଗୁଚ୍ଛ ପ୍ରଦାନ କରାଯାଇ ସଂବର୍ଦ୍ଧିତ କରାଯାଇଥିଲା। ସଂପାଦକ ବିଶ୍ୱଜିତ ସାହୁ ସଂପାଦକୀୟ ବିବରଣୀ ଅତିଥି ପରିଚୟ ଏବଂ ସଂଗୀତ ଗାନ କରିଥିଲେ। ଏହି ଉତ୍ସବରେ ରଶ୍ମିକାନ୍ତ ପରିଡ଼ା ଓ ରଂଜିତା ପରିଡ଼ା ନୂତନ ଭାବେ ଆହ୍ୱାନରେ ଯୋଗଦେଇ ଶୁଭକାମନା କରିଥିଲେ। ଏହି କାର୍ଯ୍ୟକ୍ରମରେ ରଞ୍ଜୁଶହା, ସୌମ୍ୟଜିତ ସାହୁ, ଜୟଦେବ ରାଉତ, ବୈଜୟନ୍ତୀ ବେହେର, ମହେଶ ମହାନ୍ତି, ସସ୍ମିତା ସାହୁ, ଶୁଭ୍ରଜିତ ସାହୁ, ରାଜେନ୍ଦ୍ର ସାହୁ ଓ ସାଇ ଓମ୍ ପ୍ରକାଶ ବେହେରା ପ୍ରମୁଖ ଯୋଗ ଦେଇଥିଲେ। ଶେଷରେ ସହ ସଂପାଦକ ଅକ୍ଷୟ ପୃଷ୍ଟି ଧନ୍ୟବାଦ ଦେଇଥିଲେ।

## ଜୀ ସାର୍ଥକର ନୂଆ ସିନେମା ଡ଼ିଟେକ୍ଟିଭ୍ କରନ୍-ଅର୍ଜୁନର ଅଡ଼ିଓ ରିଲିଜ

ଖୋର୍ଦ୍ଧା (ପିଏନ୍)-ଜୀ ସାର୍ଥକର ନୂଆ ସିନେମା ଡ଼ିଟେକ୍ଟିଭ୍ କରନ୍-ଅର୍ଜୁନର ଅଡ଼ିଓ ରିଲିଜ ହୋଇଯାଇଛି। ଫିଲିମରେ ତିନୋଟି ଗୀତ ରହିଥିବା ବେଳେ ଏଥିରେ ଡ଼କ୍ଟର ନିର୍ମଳ ନାୟକ ଓ ଅଭିଜିତ୍ ମଜୁମଦାରଙ୍କ ଜୋଡ଼ି ପୁଣି ଥରେ ଦେଖିବାକୁ ମିଳିବ। ଯେଉଁଥିରେ ଭାଉଜ ଓ ଭାଉଜ ଗୀତଟି ମାର୍କେଟରେ ଚହଳ ସୃଷ୍ଟି କରିବ ବୋଲି ଜୀ ସାର୍ଥକ ଆଶା ପ୍ରକଟ କରିଛି। ଏହି ଗୀତକୁ ନିଜେ ପପୁ ପମ୍‌ପମ୍ ଗାଇଥିବା ବେଳେ ତାଙ୍କ ସହ ଗାଇଛନ୍ତି ସ୍ମୃତି ସେହିପରି ଏକ ଦୋ ତିନି ଚାର, ଚାରିଆଡ଼େ ଦିଶୁଛି ମୋ ପ୍ୟାର। ଗୀତକୁ ଗାଇଛନ୍ତି ଅଭିଜିଦ ମଜୁମଦାର ଓ ସଂଜୁ। ଛାଡ଼ରେ ସାଙ୍ଗ ଗନ୍ଧିଆ କଥା ଗୀତକୁ ଈଶ୍ୱରୀ ଗାଇଛନ୍ତି। ସମସ୍ତ ଗୀତକୁ ଡ଼କ୍ଟର ନିର୍ମଳ ନାୟକ ଲେଖିଥିବା ବେଳେ ସଂଗୀତରେ ସଜାଇଛନ୍ତି ଅଭିଜିତ୍ ମଜୁମଦାର ସବୁତକ ଗୀତ ଦର୍ଶକଙ୍କ ମନକୁ ଛୁଇଁବ ବୋଲି ପୁରାଟିମ୍ ଆଶାବାଦୀ। ଆସନ୍ତା ୧୫ ତାରିଖ ସନ୍ଧ୍ୟା ୬ଟା ୩୦ମି.ରେ ଏହି ମୁଭିଟି ଜୀସାର୍ଥକରେ ରିଲିଜ ହେବ। କିନ୍ତୁ ତା ପୂର୍ବରୁ ଅଡ଼ିଓ ରିଲିଜ୍ କରିବାର ପରମ୍ପରା ଆରମ୍ଭ କରିଛି ଜୀ ସାର୍ଥକ। ଓଲିଉଡ଼ରେ ନୂଆ ମାଇଲ ଷ୍ଟୋନ ତିଆରି କରିପାରିଛି। ଜୀ ସାର୍ଥକ ଫିଲିମ୍ ଓ ଲିପ୍ସା ପ୍ରଡ଼କ୍ସନ ବ୍ୟାନରରେ ନିର୍ମାଣ ହେଉଛି ନୂଆ ସିନେମା ଡ଼ିଟେକ୍ଟିଭ୍ କରନ ଅର୍ଜୁନ ଏହି ଚଳଚିତ୍ରରେ ନୂଆ ଅବତାରରେ କମେଡ଼ି କିଂ ପପୁ ପମ୍‌ପମ୍‌କୁ ଦେଖିବାକୁ ମିଳିବ। ତାଙ୍କ ସହ ପ୍ରଜ୍ଞା ଖଟୁଆଙ୍କ ଦମ୍‌ଦାର ଅଭିନୟର ମଜା ପାଇବେ ଦର୍ଶକ। ଉଭୟ ପପୁ ଓ ପ୍ରଜ୍ଞା କରନ ଅର୍ଜୁନ ଭୂମିକାରେ ଅଭିନୟ କରୁଛନ୍ତି। ସେହିପରି ନାୟିକା ସାଜିଛନ୍ତି ଅଭିନେତ୍ରୀ ପ୍ରୀୟଙ୍କା ମହାନ୍ତି, ପ୍ରିୟଙ୍କା ମହାପାତ୍ର ଓ ଲିପସା ମିଶ୍ର ଅନ୍ୟମାନଙ୍କ ମଧ୍ୟରେ ଟୁକୁନା, ପ୍ରଜ୍ଞା ମହାନ୍ତି, ଜୀବନ ପଣ୍ଡା, କୁନା ତ୍ରୀପାଠୀ, ହାଡ୍ଡୁ, ଅରବିନ୍ଦ ଷଡଙ୍ଗୀ, ରାଜିବ, କାଳୀ, ମନୋଜ, ସୁଶା, ଦିଗ୍‌ବିଜୟ, ସୁମିତ ଓ ସଂଗ୍ରାମ ପ୍ରମୁଖ ଅଭିନୟ କରିଛନ୍ତି। ପପୁ ପମ୍‌ପମ୍ ନିଜେ ସିନେମାର କାହାଣୀ ଲେଖିଥିବା ବେଳେ ଅଶ୍ୱିନି ଗଡ଼ନାୟକ ନିର୍ଦ୍ଦେଶନା ଦେଇଛନ୍ତି। ଏହାର ସଂଳାପ ଲେଖିଛନ୍ତି ଟୁକୁନା। ଚଳଚିତ୍ରର କାହାଣୀ ସହ ସଂଗୀତ ମଧ୍ୟ ଲୋକାଦୃତ ହୋଇପାରିବ ବୋଲି ଜୀ ସାର୍ଥକ ପକ୍ଷରୁ ଆଶା ପ୍ରକଟ କରାଯାଇଛି।

## ମା' ରାମଚଣ୍ଡୀଙ୍କ ପୀଠରେ ହାଣ୍ଡିଭଙ୍ଗା ଯାତ



ପ୍ରାଚୀନ ଅର୍କକ୍ଷେତ୍ରର ରକ୍ଷାକର୍ତ୍ତ୍ରୀ ଅଷ୍ଟଚଣ୍ଡୀଙ୍କ ମଧ୍ୟରେ ମା' ରାମଚଣ୍ଡୀ ହେଉଛନ୍ତି ଶ୍ରେଷ୍ଠ ତଥା ଅଧିଷ୍ଠାତ୍ରୀ ଦେବୀ । ମା' ରାମଚଣ୍ଡୀଙ୍କ ଅବସ୍ଥିତି ଓ ମାହାତ୍ମ୍ୟ ସଂପର୍କରେ ମାଦଳା ପାଞ୍ଜି, ସାରଳା ମହାଭାରତ, ପ୍ରାଚୀ ମାହାତ୍ମ୍ୟ, ପୁରୁଷୋତ୍ତମ ମାହାତ୍ମ୍ୟ, ତଥା ବିଭିନ୍ନ ଐତିହାସିକ ବିବରଣୀରୁ ସୂଚନା ମିଳେ । ଏତଦ୍‌ବ୍ୟତିତ ଲୋକମୁଖରେ ମା'ଙ୍କ ସଂପର୍କରେ ଅନେକ କିମ୍ବଦନ୍ତୀ ମଧ୍ୟ ଶୁଣିବାକୁ ମିଳେ । ମା'ଙ୍କ ପୀଠରେ ବର୍ଷତମାମ ପାଳନ କରାଯାଉଥିବା ବିଭିନ୍ନ ପର୍ବପର୍ବାଣୀଗୁଡ଼ିକ ମଧ୍ୟରେ ଶ୍ରେଷ୍ଠ ଓ ନିଆରା ପର୍ବ ହେଉଛି ହାଣ୍ଡିଭଙ୍ଗା ଯାତ। ବୈଶାଖ ମାସ ଶୁକ୍ଳ ପକ୍ଷ ଶେଷ ଗୁରୁବାର ଦିନ ଏହି ପର୍ବ ପାଳନ କରାଯାଇଥାଏ । ଏହା ଓଡ଼ିଆଣୀ କୁଳବଧୁମାନଙ୍କର ଏକ ନିଆରା ପର୍ବ । କାହିଁ କେଉଁ କାଳରୁ ପୁରୁଷାନୁକ୍ରମେ ଖାଲକଟାପାଟଣା ଓ ଟିକନା ଗ୍ରାମର କୁଳବଧୂମାନେ ନିଜ ପରିବାରର ଶୁଭ ମନାସି ମା' ରାମଚଣ୍ଡୀଙ୍କ ନିକଟରେ ହାଣ୍ଡିଭଙ୍ଗା ଯାତକୁ ମହାଆଡ଼ମ୍ବରରେ ପାଳନ କରିଥାନ୍ତି । ଘଞ୍ଚ ଜଙ୍ଗଲ ଓ ସମୁଦ୍ରକୂଳରେ ଏହି ଦୁଇଟି ଗ୍ରାମର ଅବସ୍ଥିତି ଥିବାରୁ ଜଙ୍ଗଲି ଜୀବଜନ୍ତୁଙ୍କ ଆକ୍ରମଣ ଓ ସମୁଦ୍ର ମାଡ଼ି ନ ଆସିବା ପାଇଁ ଗ୍ରାମର କୂଳବଧୂମାନେ ମା' ରାମଚଣ୍ଡୀଙ୍କ ନିକଟରେ



ହାଣ୍ଡିଭଙ୍ଗାଯାତକୁ ପୁରୁଷାନୁକ୍ରମେ ପାଳନ କରି ଆଶୁଛନ୍ତି ।

ବୈଶାଖ ମାସ ଶୁକ୍ଳ ପକ୍ଷ ଶେଷ ଗୁରୁବାର ଦିନ ମା'ଙ୍କ ପୀଠରେ ଏହି ନିଆରା ପର୍ବ ହାଣ୍ଡିଭଙ୍ଗା ଯାତ ଧୁମଧାମରେ ପାଳିତ ହୋଇଥାଏ । ମା'ଙ୍କ ପୀଠ ସଂଲଗ୍ନ ଟିକନା ଓ ଖାଲକଟାପାଟଣା ଗ୍ରାମର କୁଳବଧୂମାନେ ଏହି ପବିତ୍ର ଦିନରେ ଉପବାସ ବ୍ରତ ପାଳନ କରି ଏକତ୍ର ହୁଳହୁଳି ପକାଇ ଗ୍ରାମରୁ ବାହାରିଥାନ୍ତି । ମା' ରାମଚଣ୍ଡୀଙ୍କ ନିମନ୍ତେ କୁଳବଧୂମାନେ ଗାଧୁଆ ସଜ ଧରି ପବିତ୍ର ପୀଠରେ ପହଞ୍ଚିବା



ପରେ ମା'ଙ୍କ ପୂଜକ ଗାଧୁଆ ନୀତି ସମ୍ପନ୍ନ କରିଥାନ୍ତି । ପ୍ରତ୍ୟେକ ମହିଳା ପରିଧାନ କରିଥିବା ନୂଆ ଲୁଗା କାନିରେ ବାନ୍ଧି ଆଣିଥାନ୍ତି ହାଣ୍ଡିରନ୍ଧା ସାମଗ୍ରୀ । ମା'ଙ୍କ ମନ୍ଦିର ବେଢ଼ାର ପଶ୍ଚିମ ପାର୍ଶ୍ୱରେ ଥିବା ହାଣ୍ଡିରନ୍ଧା ଚୁଲାରେ ସମୂହ ହାଣ୍ଡିରନ୍ଧା କାର୍ଯ୍ୟ ଆରମ୍ଭ ହୋଇଥାଏ । ମନ୍ଦିରର ପୂଜକ ଓ ମାଳି ମା'ଙ୍କ ରୋଷଘର ଚୁଲାରୁ ଅଗ୍ନୀ ଆଣି ପ୍ରତ୍ୟେକ ମହିଳାଙ୍କ ଚୁଲିରେ ଅଗ୍ନୀ ସଂଯୋଗ କରିବା ସହିତ ଖୀରିକୋଲି ଡାଙ୍ଗରେ ପ୍ରସ୍ତୁତ ଚଟୁ ଯୋଗାଇ ଦେବାପରେ ମହିଳାମାନେ ହାଣ୍ଡିରନ୍ଧା କାର୍ଯ୍ୟ ଆରମ୍ଭ କରିଥାନ୍ତି । ମହିଳାମାନେ ଘରୁ ଆଣିଥିବା ଅରୁଆଚାଉଳ, ମୁଗ, ଚିନି, ଘିଅ ଓ ପରିବାକୁ ମିଶାଇ ନୂଆ ମାଟିହାଣ୍ଡିରେ ଖେଚୁଡ଼ି ପ୍ରସ୍ତୁତ କରିଥାନ୍ତି । ଏହି ସମୟରେ ମା'ଙ୍କ ରୋଷେଇଘରେ ପୂଜକ ମଧ୍ୟ ନୂଆ ମାଟିହାଣ୍ଡିରେ ଅନୁରୂପଭାବେ ଖେଚୁଡ଼ି ପ୍ରସ୍ତୁତ କରିବାପରେ ମା'ଙ୍କ ନିକଟରେ ଭୋଗ ଲଗାଇଥାନ୍ତି । ଏହାପରେ ହାଣ୍ଡିରନ୍ଧା ଖେଚୁଡ଼ିକୁ ପୂଜକ ଓ ମହିଳାମାନେ କଦଳୀ ପତ୍ରରେ ବାଢିଥାନ୍ତି । ଖେଚୁଡ଼ିର ସିଂହଭାଗ ଅଂଶକୁ ଦୁଇଟି ବାଟୁଳା କରି ବାଘ ଓ ବାଘୁଣୀଙ୍କ ନିମନ୍ତେ ହାଣ୍ଡିରେ ରଖିବା ପରେ ଅବଶିଷ୍ଟ ଖେଚୁଡ଼ିକୁ ସେବନ କରି ବଳକା ଖେଚୁଡ଼ି ହାଣ୍ଡିକୁ ଧରି ପୂଜକ ହାଣ୍ଡିଭଙ୍ଗା ବନ୍ତ ଅଭିମୁଖେ ଆଗେ ଆଗେ ଯିବା ବେଳେ ମହିଳାମାନେ ନିଜ ନିଜ ହାଣ୍ଡିକୁ ଧରି ନୀରବତା



ଅବଲମ୍ବନ କରି ତାଙ୍କୁ ଅନୁସରଣ କରିଥାନ୍ତି । ମା'ଙ୍କ ମନ୍ଦିରର ପଶ୍ଚିମ-ଉତ୍ତର କୋଣର ୨୦୦ମିଟର ଦୂରରେ ଥିବା ହାଣ୍ଡିଭଙ୍ଗା ବନ୍ତରେ ପହଞ୍ଚି ଏହି ବନ୍ତକୁ ସାତଥର ପ୍ରଦକ୍ଷିଣ କରିବା ପରେ ବନ୍ତ ଚୂଡ଼ାରେ



ଥିବା ଶିଳା ଉପରେ ହାଣ୍ଡିକୁ କଚାଡ଼ି ଭାଙ୍ଗିଥାନ୍ତି । ଏହାପରେ ମହିଳାମାନେ ଏକମୁହାଁ ହୋଇ ୩୦୦ ମିଟର ଦୂରରେ ଥିବା ହାତଧୁଆ ଝରଣାରେ ହାତ ଧୋଇ ଗ୍ରାମଦେବତୀ ଖାଲକୋଠୀଙ୍କୁ ମୁଣ୍ଡିଆମାରୀ ଘରକୁ ଫେରିଥାନ୍ତି । ଯେଉଁ ମହିଳାଙ୍କ ହାଣ୍ଡିର ମୁଣ୍ଡୁଳି ଭାଙ୍ଗିନଥାଏ ସଂପୃକ୍ତ ମହିଳା ନିଜ ପରିବାରରେ କୌଣସି ଅମଙ୍ଗଳ ନ ହେବା ପାଇଁ ରିଷ୍ଟ ଖଣ୍ଡନ ଉଦ୍ଦେଶ୍ୟରେ ଶୁକ୍ରବାର ପ୍ରତ୍ୟୁଷରେ ମା'ଙ୍କ ପାଖରେ ଗୁହାରିଆ ପଡ଼ିବାର ବିଧି ରହିଛି ।

ଏହି ଅବସରରେ ବିଶ୍ୱ ଶାନ୍ତି ନିମନ୍ତେ ମା'ଙ୍କ ନିକଟରେ ହାଣ୍ଡିଭଙ୍ଗା ଯାତର ଦୁଇଦିନ ପୂର୍ବରୁ ତ୍ରିଦିବସୀୟ ଚଣ୍ଡୀମହାଯଜ୍ଞ ଆୟୋଜିତ ହୋଇଥାଏ। ହାଣ୍ଡିଭଙ୍ଗା ଯାତ ଦିନ ପ୍ରତ୍ୟୁଷରେ ମା' ରାମଚଣ୍ଡୀଙ୍କୁ ମହାଲକ୍ଷ୍ମୀ ବେଶରେ ସଜାଯାଇ ପୂଜାର୍ଚ୍ଚନା କରାଯାଇଥାଏ । ସକାଳ ମଙ୍ଗଳ ଆଳତି ଓ ରାତିରେ ବଡ଼ସିଂହାର ଧୂପ ଆଳତିକୁ ମିଶାଇ ମାଆଙ୍କ ନିକଟରେ ମୋଟ ୫ ଥର ଆଳତି କରାଯାଇଥାଏ । ମା'ରାମଚଣ୍ଡୀଙ୍କର ମହାଲକ୍ଷ୍ମୀ ବେଶ ଓ ହାଣ୍ଡିଭଙ୍ଗା ଯାତକୁ ଦେଖିବା ପାଇଁ ଶ୍ରଦ୍ଧାଳୁଙ୍କ ଭିଡ ଦିନତମାମ ଲାଗିରହିଥାଏ । ଏହି ଅବସରରେ ଆୟୋଜକଙ୍କ ପକ୍ଷରୁ ସାଂସ୍କୃତିକ କାର୍ଯ୍ୟକ୍ରମ ଓ ସଭା ଅନୁଷ୍ଠିତ ହୋଇଥାଏ । ଏହି ସାଂସ୍କୃତିକ କାର୍ଯ୍ୟକ୍ରମକୁ ପର୍ଯ୍ୟଟନ ବିଭାଗ ସହାୟତାରେ ମା' ରାମଚଣ୍ଡୀ ଉନ୍ନୟନ କମିଟି, ମା' ରାମଚଣ୍ଡୀ ବଜାର କମିଟିର ସମସ୍ତ ସଦସ୍ୟ ପରିଚାଳନା କରିଥାନ୍ତି ।

ଏଠାରେ ସୂଚନା ଥାଉକି ୨୦୧୯ ମସିହାରେ ସାମଦ୍ରିକ ଝଡ ଫନି ଓ ୨୦୨୦ ଏବଂ ୨୦୨୧ ମସିହାରେ ମହାମାରୀ କରୋନା ପାଇଁ ମା'ଙ୍କ ପୀଠରେ ଜାକଜମକରେ ପାଳନ ହୋଇପାରି ନଥିଲା



ହଣ୍ଡିଭଙ୍ଗା ଯାତ। କେବଳ ପରମ୍ପରା ରକ୍ଷା କରାଯାଇଥିଲା । ଚଳିତ ବର୍ଷ ୧୦ତାରିଖରୁ ଆରମ୍ଭ ହୋଇଥିବା ତ୍ରିଦିବସୀୟ ବିଶ୍ୱ ଶାନ୍ତି ମହାଯଜ୍ଞ ବୈଶାଖ ମାସ ଶେଷ ଗୁରୁବାର ୧୨ତାରିଖରେ ଉଦଯାପିତ ହେବ। ଏହି ଅବସରରେ ୧୦ତାରିଖରୁ ୧୨ତାରିଖ ପର୍ଯ୍ୟନ୍ତ ପ୍ରତ୍ୟେହ ସନ୍ଧ୍ୟା ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯିବ । ୧୦ ତାରିଖ ଚଣ୍ଡୀ ମହାଯଜ୍ଞ ଓ ସନ୍ଧ୍ୟା ୬ଟାରେ ଖାଲକଟାପାଟଣା ଗ୍ରାମର ମା' ଜାଗେଶ୍ୱରୀ ମହିଳା ସଂକୀର୍ତ୍ତନ ମଣ୍ଡଳି ପକ୍ଷରୁ ସଂକୀର୍ତ୍ତନ ପରିବେଷଣ କରାଯିବ । ୧୧ ତାରିଖ ସନ୍ଧ୍ୟା ୬ଟାରେ କଟକ ବାଦାମବାଡିର ମା' ସାରଳା ଭଜନ ସନ୍ଧ୍ୟା ପକ୍ଷରୁ ଭଜନ ପରିବେଷଣ ଏବଂ ରାତ୍ର ୧୦ଟାରେ ନୟାଗଡ ବୁଢିଆଳିର ରଘୁନାଥ ଜିୟୁ



ରାମନାଚ ସଂସଦ ପକ୍ଷରୁ ଲବକୁଶ ଜନ୍ମ ପରିବେଷଣ କରାଯିବ। ୧୨ ତାରିଖ ଗୁରୁବାର ମା' ରାମଚଣ୍ଡୀଙ୍କ ମହାଲକ୍ଷ୍ମୀ ବେଶ ଓ ହାଣ୍ଡିଭଙ୍ଗା ଯାତ, ଚଣ୍ଡୀ ମହାଯଜ୍ଞର ପୂର୍ଣ୍ଣାହୁତି, ସନ୍ଧ୍ୟା ୬ଘଟିକା ମା' ଖଣ୍ଡୁଆଳି ମହିଳା ସଂକୀର୍ତ୍ତନ ମଣ୍ଡଳି ପକ୍ଷରୁ ସଂକୀର୍ତ୍ତନ ପରିବେଷଣ, ସନ୍ଧ୍ୟା ୭ଟାରେ ଓଡିଶୀ ସଂକୀର୍ତ୍ତନ ପରିବେଷଣ, ରାତ୍ର ୮ଟାରେ ସାଧାରଣ



ସଭା ଓ ରାତ୍ର ୯ଟାରେ ନୟାଗଡ ପୁଆଣିଆର ମା' ବ୍ରହ୍ମଣ ଦେବୀ ରାମନାଚ ସଂସଦ ପକ୍ଷରୁ ଲକ୍ଷ୍ମଣ ଶକ୍ତି ଭେଦ ପରିବେଷଣ କରାଯିବାର କାର୍ଯ୍ୟକ୍ରମ ସ୍ଥିର ହୋଇଛି । ସୁବାସ ପ୍ରଧାନ, କାର୍ତ୍ତିକ ଚନ୍ଦ୍ର ବେହେରା, ଲୋକନାଥ ନାୟକ, ନରେନ୍ଦ୍ର ପରିଡା, ଚନ୍ଦ୍ରନ ବେହେରା, ଅନିଲ



ନାୟକ, ସଦାଶିବ ନାୟକ, ରବିନ୍ଦ୍ର ଦାସ, ସନାତନ ବେହେରା, ପ୍ରକାଶ ବେହେରା, ରାମଚନ୍ଦ୍ର ନାୟକ, ସନାତନ ପ୍ରଧାନ ପ୍ରମୁଖ ଏହି କାର୍ଯ୍ୟକ୍ରମ ପରିଚାଳନା କରୁଛନ୍ତି ।


# DISPLAY CLASSIFIED

FOR ADVERTISEMENT CONTACT

Phone No. (0674) 2555116/9853400829

Fax: (0674) 2550504

E-mail : paryabekhyak@gmail.com

editorpbkc@gmail.com

TARIFF: 10c.m.x4cm: Rs. 8,000/- (One Month)

10c.m.x 4cm: Rs. 350/- (One day)

5c.m.x 4cm: Rs. 5,000/- (One Month)

5c.m.x 4cm: Rs. 200/- (One day)

ADMISSION ON

MPS PLAY HOME

Where awareness nurtured, innocence blossoms.

For

PRE-NURSERY, NURSERY, L.KG. & U.KG.

N-3B-14/15, Ekamra Kanan Road,Nayapalli, BBSR

Tel : (0674) 2556225, 2558884, Fax : 2550504

Email : maharishipublicschool@yahoo.com

Web : www.maharishipublicschool.com

VED BHAWAN

Creating Peace, Progress & Prosperity

For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.

DO YOU NEED PUNDITS / ASTROLOGERS / VASTU EXPERTS ?

Contact :

Near Mukteswar Temple, Sarbodaya Nagar, Puri.

N-3, B-14/15, MPS Campus, Nayapalli, Bhubaneswar

Ph. 0674-2550786, Fax : 0674-2550504

Email.: yagyaanusthan@sify.com

Pragyan Communication

Mahaditya Publication

ADMISSION ON

MAHARISHI PUBLIC SCHOOL

your gateway to complete education

For

PRE-NURSERY, NURSERY, L.KG., U.KG., Std-1 to Std-VIII

Baghra Road, Baripada

Tel-06792-255227

Email : maharishipublicschool@yahoo.com

Web : www.maharishipublicschool.com




# ‘କାଗଜ ଗୁଡି’ର ଶୁଭମହୁରତ୍

ଭୁବନଶ୍ୱେର,(ପିଏନ): ସୁମିତ୍ରା ଏଂଟରଟେନ୍‌ମେଂଟ୍ ନିବେଦିତ ଓଡିଆ ଚଳଚ୍ଚିତ୍ର ‘ମନ ମୋର କାଗଜଗୁଡି’ର ମହୁରତ ହୋଇଯାଇଛି। ନିକୋପାର୍କ ନିକଟସ୍ଥ ସୁନାଦେଇ ମନ୍ଦିରରେ ଆୟୋଜିତ ଏହି ମହୁରତ ଉତ୍ସବରେ ମାନ୍ୟବର ଭୁବନେଶ୍ୱର ମଧ୍ୟ ବିଧାୟକ ଶ୍ରୀ ଅନନ୍ତ ନାରାୟଣ ଜେନା ମହୁରତ କ୍ଲାପ ଦେଇ ଚଳଚ୍ଚିତ୍ରର ଆନୁଷ୍ଠାନିକ ଭାବେ ଶୁଭାରମ୍ଭ ସହିତ ଟାଇଟଲ୍ ଉନ୍ମୋଚିତ କରିଥିଲେ। ରାକେଶ ଓ ଭୂମିକାଙ୍କ ଅଭିନୀତ ଏହି ଚଳଚ୍ଚିତ୍ରର ନିର୍ଦ୍ଦେଶନା ଦେଉଛନ୍ତି ଡିରେକ୍ଟର ଦେବଜ୍ୟୋତି ପାତ୍ର (ଦୀପୁ) । ଯଦିଓ ନିର୍ଦ୍ଦେଶକ ଭାବେ ଏହା ତାଙ୍କର ପ୍ରଥମ ସିନେମା ହେବ ତେବେ ଷାଠିଏରୁ ଉର୍ଦ୍ଧ୍ୱ ସିନେମାର ସେ ଚିଫ୍ ଏସୋସିଏଟ୍ ଡିରେକ୍ଟର ଭାବେ କାମ କରିସାରିଛନ୍ତି। ନାୟକ ନାୟିକା ଭାବେ ନଜର ଆସିବେ ୟଙ୍ଗ୍ ସେନ୍‌ସେସନ ରାକେଶ ଓ ଭୂମିକା। ରାକେଶ ଓ ଭୂମିକା ଯୋଡିର ଏହା ପ୍ରଥମ ଚଳଚ୍ଚିତ୍ର। ଅନ୍ୟାନ୍ୟ ଭୂମିକାରେ ପ୍ରୀତିରାଜ ଶତପଥୀ, ଐଶ୍ୱର୍ଯ୍ୟା ବେହେରା, ମମତା ଦାଶ, ବୀରେନ୍ ମିଶ୍ର, ଗୁଡୁ, ଜ୍ଞାନ ପ୍ରମୁଖଙ୍କୁ ଦେଖିବାକୁ ମିଳିବ। ଯୁବ ଉଦ୍ୟୋଗୀ ଶିବିର ପରିଡା ଓ ଲକ୍ଷ୍ମୀପ୍ରିୟା ପରିଡାଙ୍କ ପ୍ରଯୋଜନାରେ ନିର୍ମିତ ‘ମନ ମୋର କାଗଜ ଗୁଡି’ର ସହ ପ୍ରଯୋଜକ ଅଛନ୍ତି ବିବେକାନନ୍ଦ ବାରିକ ଓ ପାର୍ବତୀ ବାରିକ। ସଙ୍ଗୀତ ଦେଇଛନ୍ତି ଜାପାନୀ ଭାଇ। ଗୀତରଚନା କରିଛନ୍ତି ବସନ୍ତରାଜ ସାମଲ ଓ ସୁବ୍ରତ ସ୍ୱାଇଁ। ଦିବ୍ୟସିଂହ ରାୟଙ୍କ ରଚିତ କାହାଣୀରେ ସଂଳାପ ଦେଇଛନ୍ତି ମାନସ ପଢିଆରୀ। ସୋମିଓ ସିନେମାଟୋଗ୍ରାଫର ଥିବାବେଳେ ମୁଖ୍ୟ ସହକାରୀ ନିର୍ଦ୍ଦେଶକ ଓ ସହକାରୀ ନିର୍ଦ୍ଦେଶକ ଅଛନ୍ତି ସ୍ୱାଗତ ପାତ୍ର ଏବଂ ଜୁନିୟର ସିଦ୍ଧାନ୍ତ। ମେକ୍ ଅପ୍‌ରେ ରାଜୁ, କେଶବିନ୍ୟାସରେ ତୁଳସୀ ଓ କଳାରେ ନବଘନ ଦଳେଇ ଥିବାବେଳେ ବ୍ୟବସ୍ଥାପନାରେ ଅଛନ୍ତି ସର୍ବେଶ୍ୱର ସୂତାର। ଚଳଚ୍ଚିତ୍ରର ପ୍ରଚାର ଓ ପ୍ରସାର ଦାୟିତ୍ୱ ବହନ କରିଛନ୍ତି ‘ବେଷ୍ଟ ଆଇଡିଆଜ୍’। ‘ମନ ମୋର କାଗଜ ଗୁଡି’ ଶୀର୍ଷକରେ ନିର୍ମିତ ଏହି ଚଳଚ୍ଚିତ୍ରର କାହାଣୀ ସମ୍ପୂର୍ଣ୍ଣ ଭିନ୍ନ ଧରଣର। ଓଡିଆ ଚଳଚ୍ଚିତ୍ର ଶୀର୍ଷକରେ ଇଂରାଜୀ ଓ ହିନ୍ଦୀ ଶବ୍ଦର ବ୍ୟବହାରକୁ ନେଇ ଦର୍ଶକ ଓ ସମାଲୋଚକମାନେ ପ୍ରଶ୍ନ ଉଠାଇ ଆସିଛନ୍ତି। ସେ ଦୃଷ୍ଟିରୁ ଏହାର ଶୀର୍ଷକ ନିଆରା। ଏହା ଏମିତି ଏକ ଶୀର୍ଷକ ଯେଉଁଥିରେ ଓଡିଆତ୍ୱ ରହିଛି, ରହିଛି ଆପଣାପଣ। ଯେମିତି ମିଠା ସେମିତି ମନଛୁଆଁ। ଶୀର୍ଷକରୁ ହିଁ ଦର୍ଶକ ଅନୁମାନ କରିପାରିବେ ଯେ ଏହା ଏକ ମୌଳିକ କାହାଣୀ। କୌଣସି ସିନେମାର କପି ନୁହେଁ କି ଏଥିରେ କୌଣସି ସିନେମାର ଛାପ ନାହିଁ। ଆଉ ଏକ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ସାମ୍ପ୍ରତିକ ସମସ୍ୟା ଉପରେ ଏହା ଆଧାରିତ। ବିଭିନ୍ନ ପ୍ରକାର ଚାପର ଶିକାର ହୋଇ ଯୁବ ପିଢି କିପରି ଅବାଟରେ ପାଦ ରଖୁଛନ୍ତି ଓ ନିଶା କବଳରେ କବଳିତ ହେଉଛନ୍ତି, ତାର ନଜିର ରହିଛି ଏଥିରେ। ବାଟବଣା ଯୁବ ବର୍ଗଙ୍କୁ ବାଟକୁ ଆଣିବାକୁ ସୁମିତ୍ରା ଏଂଟରଟେନ୍ ମେଂଟ୍‌ର ଏ ପ୍ରୟାସ। କାହାଣୀରେ ମନୋରଞ୍ଜନର ଭରପୂର ମସଲା ରହିଛି। ସବୁ ବର୍ଗର ଦର୍ଶକଙ୍କୁ ଏହା ପସନ୍ଦ ଆସିବ। ଏହା ଏକ ବ୍ୟୟବହୁଳ ଛବି ହୋଇଥିବା ବେଳେ ଗୀତଗୁଡିକ ବାହାର ଲୋକେସନରେ ସୁଟିଂ କରାଯିବାର ଯୋଜନା ରହିଛି। ସିନେମା ପାଇଁ କେବଳ ସିନେମା ନୁହେଁ। କରୋନା ଯୋଗୁ ଠପ୍ ହୋଇଯାଇଛି ସିନେମା ଶିଳ୍ପ। କଳାକାର ଓ ଟେକ୍ନିସିଆନଙ୍କ ହାତରେ ପ୍ରାୟତଃ କାମ ନାହିଁ। ନାହିଁ ନଥିବା ଅସୁବିଧା ଭୋଗୁଛନ୍ତି ସମସ୍ତେ। ଏଣୁ ସୁମିତ୍ରା ଏଂଟରଟେନ୍‌ମେଂଟ୍ ପକ୍ଷରୁ କଳାକାର ଓ ଟେକ୍ନିସିଆନ୍‌ମାନଙ୍କୁ କାମ ଯୋଗାଇଦେବା ଉଦ୍ଦେଶ୍ୟ ନେଇ ଏହି ଚଳଚ୍ଚିତ୍ରର ଯୋଜନା କରାଯାଇଛି ବୋଲି ସ୍ପଷ୍ଟ କରିଛନ୍ତି ପ୍ରଯୋଜକ ଶିବିର କୁମାର ପରିଡା। ମହୁରତ ଉତ୍ସବରେ ଏହାର ସମସ୍ତ କଳାକାର ଓ ଟେକ୍ନିସିଆନଙ୍କ ସମେତ ଓଲିଉଡର ସହ ସମ୍ପୃକ୍ତ ବହୁ ନାମୀଦାମୀ ବ୍ୟକ୍ତିବିଶେଷ ଯୋଗ ଦେଇଥିଲେ। ନଭେମ୍ବର ୧୩ ତାରିଖରେ ‘ମନମୋର କାଗଜଗୁଡି’ ଫ୍ଲୋରକୁ ଆସିବ ବୋଲି ସୂଚନା ରହିଛି।




# ଶ୍ରମିକ ବିରୋଧି ବି.ଜେ.ପି ଓ ବି.ଜେ.ଡ଼ି ପ୍ରାର୍ଥୀଙ୍କୁ ହରାଇବା ପାଇଁ ଶ୍ରମିକ କର୍ମଚାରୀ ବଦ୍ଧ ପରିକର




ଭୁବନେଶ୍ୱର, ୨୭।୧୦(ପି.ଏନ): କେନ୍ଦ୍ରରେ ବି.ଜେ.ପି ସରକାର ଏବଂ ରାଜ୍ୟରେ ବି.ଜେ.ଡ଼ି ସରକାର କୃଷକ କର୍ମଚାରୀ ବିରୋଧି ହୋଇଥିବାରୁ ଆଗାମୀ ବାଲେଶ୍ୱର ଓ ତ୍ରିତୋଲ ବିଧାନସଭା ଉପନିର୍ବାଚନରେ ବି.ଜେ.ପି ଓ ବି.ଜେ.ଡ଼ି ପ୍ରାର୍ଥୀଙ୍କୁ ହରାଇ କଂଗ୍ରେସ ଦଳର ପ୍ରାର୍ଥୀ ମମତା କୁଣ୍ଡୁ ଓ ଜଗତସିଂହପୁର ପ୍ରାର୍ଥୀ ହିମାଂଶୁ ମଲ୍ଲିକଙ୍କୁ ଜିତାଇବା ପାଇଁ ଗତ ତା. ୨୨.୧୦.୨୦୨୦ ରିଖରେ ବାଲେଶ୍ୱର ଦୁର୍ଗା ଗାର୍ଡେନ ଠାରେ ଜାତୀୟ ରାଷ୍ଟ୍ରୀୟ ମଜଦୁର କଂଗ୍ରେସ ଜାତୀୟ ଉପସଭାପତି, ଓଡ଼ିଶା ଶାଖାର ସଭାପତି ତଥା ପ୍ରାକ୍ତନ ସାଂସଦ ଡକ୍ଟର ରାମଚନ୍ଦ୍ର ଖୁଂଟିଆଙ୍କ ପୌରାହିତରେ ଅନୁଷ୍ଠିତ ରାଷ୍ଟ୍ରୀୟ ମଜଦୁର କଂଗ୍ରେସର ଆଂଚଳିକ ସମ୍ମିଳନୀରେ ନିଷ୍ପତି ନିଆଯାଇଛି। ଏହି ସମ୍ମିଳନୀରେ ଏ.ଆଇ.ଟି.ୟୁ.ସି., ସି.ଆଇ.ଟି.ୟୁ.,ଏଚ.ଏମ୍.ଏସ୍. ଏ.ଆଇ.ସି.ସି.ଟି.ୟୁ ପ୍ରଭୃତି ସମସ୍ତ କେନ୍ଦ୍ରୀୟ ଶ୍ରମିକ ସଂଗଠନକୁ ଶ୍ରମିକ କର୍ମଚାରୀ ବିରୋଧି ବି.ଜେ.ପି. ଓ ବି.ଜେ.ଡ଼ି ପ୍ରାର୍ଥୀଙ୍କୁ ହରାଇ କଂଗ୍ରେସ ଦଳର ପ୍ରାର୍ଥୀଙ୍କୁ ଜିତାଇବା ପାଇଁ ନିବେଦନ କରାଯାଇଛି। ଏହି ସମ୍ମିଳନୀକୁ ବିଧିବଧ ଭାବେ ଉଦ୍‌ଘାଟନ କରି ଅଖିଳ ଭାରତ କଂଗ୍ରେସ କମିଟିର ସାଧାରଣ ସଂପାଦକ ତଥା ସାଂସଦ ଡକ୍ଟର ଏ. ଚେଲ୍ଲା କୁମାର କହିଥିଲେ ଯେ, ରାଷ୍ଟ୍ରୀୟ ମଜଦୁର କଂଗ୍ରେସ କେବଳ ଭାରତ ନୁହେଁ ସାରା ପୃଥିବୀରେ ବୃହତମ ଶ୍ରମିକ ସଂଗଠନ। ରାଷ୍ଟ୍ରୀୟ ମଜଦୁର କଂଗ୍ରେସ ଭାରତ ବର୍ଷରେ ପ୍ରଣିତ ସମସ୍ତ ଶ୍ରମ ଆଇନ ଗୁଡ଼ିକୁ ପ୍ରଣୟନ କରିବା ପାଇଁ ମୁଖ୍ୟ ଭୂମିକା ନେଇଥିଲେ। ରାଷ୍ଟ୍ରୀୟ ମଜଦୁର କଂଗ୍ରେସ ରାଜନୈତିକ ଦୃଷ୍ଟି କୋଣରୁ କଂଗ୍ରେସକୁ ସମର୍ଥନ କରୁଥିଲେ ହେଁ ଶ୍ରମିକ କର୍ମଚାରୀଙ୍କ ସ୍ୱାର୍ଥ ପାଇଁ କଂଗ୍ରେସ ସରକାରଙ୍କ କାର୍ଯ୍ୟକୁ କେବେ ପ୍ରତିବାଦ କରିବା ପାଇଁ ପଛାଇ ନାହିଁ। ଏଣୁ ଏହି ପରିପ୍ରେକ୍ଷୀରେ ଶ୍ରମିକ କର୍ମଚାରୀ ଓ ଚାଷୀ ବିରୋଧି ମୋଦୀ ଓ ନବୀନ ପଟ୍ଟନାୟକଙ୍କ ପ୍ରାର୍ଥୀଙ୍କୁ ବାଲେଶ୍ୱର ଓ ତ୍ରିତୋଲରୁ ହରାଇ କଂଗ୍ରେସ ପ୍ରାର୍ଥୀଙ୍କୁ ଜିତାଇବା ପାଇଁ ନିବେଦନ କରିଥିଲେ। ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟିର ସଭାପତି ଶ୍ରୀଯୁକ୍ତ ନିରଞ୍ଜନ ପଟ୍ଟନାୟକ ମୁଖ୍ୟ ଅତିଥି ଭାବରେ ଏହି ସଭାରେ ଉଦ୍‌ବୋଧନ ଦେଇ କହିଥିଲେ ଯେ, ବାଲେଶ୍ୱରର ସମସ୍ତ ଉନ୍ନୟନ କାର୍ଯ୍ୟ ଓ କଳକାରଖାନା କେବଳ କଂଗ୍ରେସ ସମୟରେ ହିଁ ହୋଇଛି। ଅନ୍ୟ କୌଣସି ଦଳର ବାଲେଶ୍ୱର ସହରର ଉନ୍ନୟନ ପାଇଁ କିଛି ଅବଦାନ ନାହିଁ ଏବଂ କଂଗ୍ରେସ ପ୍ରାର୍ଥୀ ମମତା କୁଣ୍ଡୁ ଜଣେ ଦକ୍ଷ ନାରୀ ନେତ୍ରୀ, ତେଣୁ ତାଙ୍କୁ ବିପୁଳ ଭୋଟ ଦେଇ ଜୟଯୁକ୍ତ କରିବା ପାଇଁ ନିବେଦନ କରିଥିଲେ। ରାଜ୍ୟ ବିଧାନ ସଭା ଶ୍ରୀ ତାରା ବାହିନୀ ପତି, ବିଧାୟକ, ଶ୍ରୀ ସପ୍ତଗିରି ଉଲ୍ଲାକା, କୋରାପୁଟ ସାଂସଦ, ଶ୍ରୀଯୁକ୍ତ ପ୍ରଦୀପ ମାଝୀ, ପ୍ରାକ୍ତନ ସାଂସଦ ତଥା ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟିର କାର୍ଯ୍ୟକାରୀ ସଭାପତି ଓ ସୁଦର୍ଶନ ଦାସ ପ୍ରମୁଖ ଏହି ସଭାରେ ଉଦ୍‌ବୋଦନ ଦେଇ କଂଗ୍ରେସ ପ୍ରାର୍ଥୀନୀ ଶ୍ରୀମତୀ ମମତା କୁଣ୍ଡୁଙ୍କୁ ଜୟଯୁକ୍ତ କରିବା ପାଇଁ ନିବେଦନ କରିଥିଲେ। କଂଗ୍ରେସ ପ୍ରାର୍ଥୀନୀ ଶ୍ରୀମତୀ ମମତା କୁଣ୍ଡୁ ଏହି ସଭାରେ ଉଦ୍‌ବୋଧନ ଦେଇ ବାଲେଶ୍ୱର ସହରର ସମସ୍ତ କାର୍ଯ୍ୟ କରିବା ସଂଗେ ସଂଗେ ବି.ଜେ.ଡ଼ି ଓ ବି.ଜେ.ପି ସରକାର ବାଲେଶ୍ୱର ଅଧିବାସୀଙ୍କ ଆଶା ଆକାଂକ୍ଷା ପୂର୍ଣ୍ଣ କରିବା ପାଇଁ ସଂପୂର୍ଣ୍ଣ ବିଫଳ ହୋଇଥିବାରୁ ୩ ବର୍ଷ ତାଙ୍କୁ ସୁଯୋଗ ଦେବା ପାଇଁ ବିନମ୍ର ନିବେଦନ କରିଥିଲେ। ଡକ୍ଟର ଖୁଂଟିଆ, ପୂର୍ବତନ ସାଂସଦ ଏହି ସଭାରେ ପୌରାହିତ କରି ବାଲେଶ୍ୱର ଜିଲ୍ଲା ସଦର ମହକୁମା ମେଡ଼ିକାଲ କଲେଜ ଏବଂ ଇକ୍ଷକ୍ଷଗଝ ର ପ୍ରସ୍ତାବ କଂଗ୍ରେସ ସରକାର ସମୟରେ ଗୋଲାବ ନବୀ ଆଜାଦ ଘୋଷଣା କରିଥିଲେ ଏବଂ ଡକ୍ଟର ଖୁଂଟିଆ ନିଜେ ଇଓଓଗଝ ର ସଦସ୍ୟ ଥିଲେ। ଯାହା ଏପର୍ଯ୍ୟନ୍ତ କାର୍ଯ୍ୟକାରୀ ହୋଇନଥିବା କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ବିଫଳତାର ଜ୍ୱଳନ୍ତ ନିଦର୍ଶନ। ଏହି ସଭାରେ ରାଷ୍ଟ୍ରୀୟ ମଜଦୁର କଂଗ୍ରେସ ସାଧାରଣ ସଂପାଦକ କିଶୋର ଜେନା, ଉପସଭାପତି ମଦନ ମୋହନ ଧଳ, ବିଦ୍ୟାଧର ମହାନ୍ତି, କୋଷାଧ୍ୟକ୍ଷ ଧରଣୀ ଧର ସ୍ୱାଇଁ, ଯୁଗ୍ମ ସଂପାଦକ ଅକ୍ଷୟ ତ୍ରିପାଠୀ, ପ୍ରଣତୀ ମିଶ୍ର, ସୁରେଶ ବେହେରା, ବାସନ୍ତୀ ସାମଲ, ବିକାଶ ଦାସ, ରଘୁନାଥ ମାଝୀ, ପରାମାନନ୍ଦ ସେଠୀ, ବିଷ୍ଣୁ ରଥ, ବିଜୟ ଦ୍ୱିବେଦୀ, ବିଜୟ ବୋଇତଇ, ଚନ୍ଦ୍ରକାନ୍ତ ଖଣ୍ଡେଇ ଓ ରମାକାନ୍ତ ଗାହାଣ ପ୍ରମୁଖ ଯୋଗଦେଇଥିଲେ।

# ବଧୂ ହତ୍ୟା ଅଭିଯୁକ୍ତଙ୍କୁ ଧରୁନି ପୁଲିସ, ଏସପିଙ୍କୁ ଭେଟିଲେ ପରିବାର ଲୋକେ

କୋରେଇ, (ପିଏନ)-ଯାଜପୁର ଥାନା ଅନ୍ତର୍ଗତ ଧନିପୁର ଗ୍ରାମର ସରସ୍ୱତୀ ପାଣି ନାମକ ମହିଳାଙ୍କୁ ତାଙ୍କ ଶାଶୁଘର ପରିବାର ପକ୍ଷରୁ ଯୌତୁକ ଦାବିରେ କିରୋସିନି ଢାଳି ନିଆଁ ଲଗାଇଦେଇଥିଲେ। ଗତ ଅଗଷ୍ଟ ୨୮ ତାରିଖ ଏଭଳି କାଣ୍ଡ ଘଟିବା ପରେ ସରସ୍ୱତୀଙ୍କୁ କଟକ ବଡ ମେଡିକାଲକୁ ସ୍ଥାନାନ୍ତରିତ କରାଯାଇଥିଲା। ଏନେଇ ଅଭିଯୋଗ ପରେ ପୁଲିସ ମାମଲା ରୁଜୁ କରି ସରସ୍ୱତୀର ସ୍ୱାମୀ ମାର୍କଣ୍ଡପୁର ଗ୍ରାମର ନରେନ୍ଦ୍ର ପାଣିଙ୍କ ପୁଅ ରବିନ୍ଦ୍ରକୁ ଗିରଫ କରିଥିଲା। ମାତ୍ର ଅନ୍ୟ ଅଭିଯୁକ୍ତ ଶାଶୁ ପ୍ରେମଲତା, ନଣନ୍ଦ ରୀନା ଓ ନଣନ୍ଦେଇ କାଦୁଆକୁ ପୁଲିସ ଗିରଫ କରିନାହିଁ। ପରବର୍ତ୍ତି ଅବସ୍ଥାରେ ଗତ ସେପ୍ଟେମ୍ବର ୪ ତାରିଖ ଚିକିତ୍ସିତ ଅବସ୍ଥାରେ ସରସ୍ୱତୀର ମୃତ୍ୟୁ ହୋଇଥିଲା। ମୃତ୍ୟୁ ପୂର୍ବରୁ ୪ଜଣ ମିଶି କିରୋସିନି ଢାଳି ନିଆଁ ଲଗାଇଥିବାର ବୟାନ ସରସ୍ୱତୀ ଦେଇଥିଲା। ହେଲେ ମୃତ୍ୟୁର ଅବଧି ୧୨ ଦିନ ବିତିଯାଇଥିଲେ ମଧ୍ୟ ଏହି ହତ୍ୟାକାଣ୍ଡରେ ସମ୍ପୃକ୍ତ ଅଭିଯୁକ୍ତ ମାନଙ୍କୁ ପୁଲିସ ଗିରଫ କରୁନାହିଁ। କେବଳ ମାମଲା ରୁଜୁ କରି ଜଣଙ୍କୁ ଗିରଫ କରିଥିବା ବେଳେ ଅନ୍ୟ ଅଭିଯୁକ୍ତ ମାନେ ଖୁଲମଖୁଲା ବୁଲୁଛନ୍ତି। ମୃତ ସରସ୍ୱତୀକୁ ନ୍ୟାୟ ଦେବା ପାଇଁ ପରିବାର ପକ୍ଷରୁ ଏସପିଙ୍କୁ ଗୁହାରୀ କରାଯାଇଛି।

# ବାଙ୍ଗିରିପୋଷିରେ ଅଟୋକୁ ଟ୍ରକ ପଛରୁ ଧକ୍କା ଦେଲା, ୨ ମୃତ, ୧୦ ଗୁରୁତର

ବାରିପଦା, (ପିଏନ)- ମୟୂରଭଞ୍ଜ ଜିଲ୍ଲା ୪୯ ନମ୍ବର ଜାତୀୟ ରାଜପଥର ବାଙ୍ଗିରିପୋଷି ଦ୍ୱାରଶୁଣି ଘାଟିରେ ଆଜି ପୂର୍ବାହ୍ନରେ ମର୍ମନ୍ତୁଦ ଦୁର୍ଘଟଣା ଘଟିଛି। ଏକ ଅଟୋକୁ ପଛ ପଟୁ ଧକ୍କା ଦେଇ ଟ୍ରକ୍ ଓଲଟିବାରୁ ଘଟଣାସ୍ଥଳରେ ୨ ଜଣଙ୍କ ମୃତ୍ୟୁ ହୋଇଛି। ମୃତକଙ୍କ ମଧ୍ୟରେ ଜଣେ ସ୍କୁଲ ଛାତ୍ର ଓ ଅନ୍ୟ ଜଣେ ଅଭିଭାବକ ଥିବା ସୂଚନା ମିଳିଛି। ସୂଚନାଯୋଗ୍ୟ, ଆଜି ସକାଳେ ମଧ୍ୟାହ୍ନ ଭୋଜନ ଚାଉଳ ଆଣିବାକୁ ବିଶୋଇ ବ୍ଲକର ଦୋପଚ୍ଚା ଗାଁରୁ ଶୁଳିଆପଦା ଅଭିମୁଖେ ଏକ ଅଟୋରେ ୧୨ ଜଣ ଯାତ୍ରୀ ଯାଉଥିଲେ। ସେମାନଙ୍କ ମଧ୍ୟରେ ୪ ଜଣ ମହିଳା, ୪ ଜଣ ପୁରୁଷ ଓ ୪ ଜଣ ୧୦ରୁ ୧୨ ବର୍ଷ ମଧ୍ୟରେ ପିଲା ଥିଲେ। ସେମାନେ ନିଜ ଗାଁରୁ ପ୍ରାୟ ୨୦ କିଲୋମିଟର ଆସିବା ପରେ ବାଙ୍ଗିରିପୋଷି ଘାଟିରେ ଦୁର୍ଘଟଣାର ସମ୍ମୁଖୀନ ହୋଇଥିଲେ। ଅଟୋଟି ବାଙ୍ଗିରିପୋଷି ଘାଟିରେ ଓହ୍ଲାଉଥିବା ବେଳେ ଦ୍ରୁତ ଗତିରେ ଆସୁଥିବା ଏକ ଟ୍ରକ୍ ଅଟୋକୁ ପଛ ପଟୁ ପିଟି କିଛି ଦୂରକୁ ଘୋଷାରି ନେଇଥିଲା। ଏହାପରେ ଟ୍ରକଟି ଭାରସାମ୍ୟ ହରାଇ ରାସ୍ତା ପାର୍ଶ୍ୱକୁ ଓଲଟି ପଡ଼ିଥିବା ବେଳେ ଅଟୋରେ ଥିବା ଯାତ୍ରୀଙ୍କ ମଧ୍ୟରୁ ଘଟଣାସ୍ଥଳରେ ୨ ଜଣଙ୍କ ମୃତ୍ୟୁ ହୋଇଥିଲା। ମୃତକଙ୍କ ମଧ୍ୟରେ ଜଣେ ପିଲା ଓ ଜଣେ ପୁରୁଷ ଅଛନ୍ତି। ଖବର ପାଇ ବାଙ୍ଗିରିପୋଷି ପୁଲିସ୍ ଓ ଅଗ୍ନିଶମ ବାହିନୀ କର୍ମଚାରୀ ଘଟଣାସ୍ଥଳରେ ପହଂଚି ତୁରନ୍ତ ଅନ୍ୟ ଆହତମାନଙ୍କୁ ବାଙ୍ଗିରିପୋଷି ମେଡିକାଲରେ ଭର୍ତ୍ତି କରିଥିଲେ। ସେଠାରେ ପ୍ରାଥମିକ ଚିକିତ୍ସା ପରେ ସେମାନଙ୍କୁ ବାରିପଦା ପିଆରଏମ ମେଡିକାଲକୁ ପଠାଇ ଦେଇଛି। ଦୁର୍ଘଟଣା ଘଟାଇ ଟ୍ରକ୍ ଡ୍ରାଇଭର ଓ ହେଲପର ଟ୍ରକ ଛାଡି ଫେରାର ହୋଇଯାଇଥିବା ଜଣାଯାଇଛି।

# କନ୍ଧମାଳ ଜିଲ୍ଲାର ଖଜୁରିପଡାରେ ମା ଗୃହ ଉଦଘାଟିତ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲା ବାଲିଗୁଡାର ସ୍ୱେଚ୍ଛାସେବୀ ଅନୁଷ୍ଠାନ ବନବାସୀ ସେବା ସମିତିର ପରିଚାଳନାରେ ଏବଂ ଜାତୀୟ ସ୍ୱାସ୍ଥ୍ୟ ମିଶନ କନ୍ଧମାଳ ସହାୟତାରେ ଏକ ନୂତନ ମା ଗୃହ କନ୍ଧମାଳ ଜିଲ୍ଲାର ଖଜୁରିପଡାଠାରେ ଉଦଘାଟିତ ହୋଇଯାଇଛି। ଏହି ଏଦଘାଟନୀ କାର୍ଯ୍ୟକ୍ରମ କୋଭିଡ ନିୟମ ଅନୁସାରେ ଆୟୋଜିତ ହୋଇଥିଲା। କାର୍ଯ୍ୟକ୍ରମର ମୁଖ୍ୟ ଅତିଥି ଭାବରେ ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ ଶ୍ରୀମତୀ ମନସ୍ୱିନି ମିଶ୍ର ଯୋଗ ଦେଇ ଏହାର ଶୁଭ ଉଦଘାଟନ କରିଥିଲେ। ଏହି ଅବସରରେ ଜାତୀୟ ସ୍ୱାସ୍ଥ୍ୟ ମିଶନ କନ୍ଧମାଳର କାର୍ଯ୍ୟକ୍ରମ ପରିଚାଳକ ମନରଞ୍ଜନ ସାହୁ,ଖଜୁରିପଡାର ଡା.ନିମାଇଁ ଚରଣ ବିଶି,ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ରଶ୍ମିତା କରଣ,ଖଜୁରିପଡା ସମନ୍ୱିତ ଶିଶୁ ବିକାଶ ଅଧିକାରୀଣୀ ଗୀତାରାଣୀ ପଣ୍ଡା,ବନବାସୀ ଅନୁଷ୍ଠାନର ସମ୍ପାଦକ ଉତ୍ସବଚନ୍ଦ୍ର ଜେନା,ସହ-ସମ୍ପାଦକ ରବିନ୍ଦ୍ର କୁମାର ପଣ୍ଡା,ଚାଇଲ୍ଡଲାଇନର ସମସ୍ତ କର୍ମକର୍ତ୍ତା ଓ ସଦସ୍ୟ ମାନେ ,ସଖିର ସଦସ୍ୟା ଓ ମା ଗୃହର ସମସ୍ତ କର୍ମକର୍ତ୍ତାଙ୍କ ସମେତ ଅଂଚଳର ଲୋକମାନେ ଉପସ୍ଥିତ ଥିଲେ। ଏଠାରେ ଏହି ବ୍ଲକରେ ଥିବା ଦୁର୍ଗମ ଅଂଚଳର ଗର୍ଭବତୀ ମା ମାନେ ସେମାନଙ୍କର ପ୍ରସବ ପୂର୍ବରୁ ସେଠାରେ ଆସି ରହିବା ସହିତ ସେମାନଙ୍କୁ ଆବଶ୍ୟକୀୟ ଚିକିତ୍ସା ମାଗଣାରେ ପ୍ରଦାନ କରାଯିବା ସହିତ ସେମାନେ କିପରି ସୁସ୍ଥ ମାନସିକତାରେ ରହି ସଠିକ୍ ଭାବରେ ପ୍ରସବ କରି ପାରିବେ ସେଥିପାଇଁ ସେମାନଙ୍କ ପାଇଁ ପୌଷ୍ଟିକ ଖାଦ୍ୟପେୟ ସହିତ ମନରଞ୍ଜନ ପାଇଁ ମଧ୍ୟ ଆବଶ୍ୟକୀୟ ବ୍ୟବସ୍ଥା କରାଯାଇ ଥିବା ନେଇ ବନବାସୀ ଆନୁଷ୍ଠାନର ସହ-ସମ୍ପାଦକ ରବିନ୍ଦ୍ର କୁମାର ପଣ୍ଡା ସୁଚନା ଦେଇଛନ୍ତି।

# ଶିକ୍ଷା ସମେତ ବିଭିନ୍ନ ବିକାଶ ଦିଗରେ ସଚେତନତାର କାର୍ଯ୍ୟକ୍ରମ

କନ୍ଧମାଳ,(ପିଏନ)-କନ୍ଧମାଳ ଜିଲ୍ଲାର ଅଗ୍ରଣୀ ଅନୁଷ୍ଠାନ ଗୁଡ୍ ସୁମରିଟାନ୍ ଓ ଅନ୍ତରଙ୍ଗ କନ୍ଧମାଳ ପକ୍ଷରୁ ପୋଷଣ ଅଭିଯାନ ଓ କରୋନା ସଚେତନତା କାର୍ଯ୍ୟକ୍ରମ ଚକାପାଦ ବ୍ଲକର ନନ୍ଦିନୀ, ପସରା, ବରପଲ୍ଲୀ ଓ ଘୁ ଉଦୟଗିରି ବ୍ଲକର କଡିକାଡୁ ଗ୍ରାମରେ କରୋନା ଭୁତାଣୁ ସଂକ୍ରମଣ ରୋଗର ସଚେତନତା ଓ ସର୍ତକତାର ବାର୍ତ୍ତା ପହଂଚାଇବା ସହ ୭୦୦ ଶହରୁ ଅଧିକା ମାସ୍କ ବଂଟନ କରିବା ସହ ବ୍ୟବହାର କରିବା କୋଭିଡ ନିୟମକୁ ପାଳନ ପାଇଁ ପର୍ବତାଇବ.ଶିଶୁ ଶିକ୍ଷାକୁ ଉତ୍ସାହିତ କରିବା,ବାଲ୍ୟ ବିବାହ ବନ୍ଦ କରିବା ପାଇଁ “ବାଲ୍ୟ ବିବାହକୁ ନା କହିବା ଓ ପାଠ ପଢ଼ାକୁ ହଁ କହିବା”ନାରା ଦେଇଛନ୍ତି ଗାଁର କିଶୋର କିଶୋରୀ ମାନେ ଓ ଗାଁ ଲୋକମାନେ। ମହାମାରୀ ସମୟରେ ନିଜନିଜକୁ ସତର୍କ କରି ସୁରକ୍ଷିତ ରହିଲେ ନିଜ ପରିବାର ସୁରକ୍ଷିତ ରହିବ ଓ ନିଜ ଅଂଚଳ ସୁରକ୍ଷିତ ହେବା ସହ ଗାଁରେ କୌଣସି ବ୍ୟକ୍ତି କରୋନା ରୋଗରେ ଆକ୍ରାନ୍ତ ହେବେ ନାହିଁ ଓ ଏହି ସମୟରେ ଛୋଟ ଛୋଟ ଶିଶୁ ମାନଙ୍କୁ ଓ କିଶୋର କିଶୋରୀ ଓ ଗର୍ଭବତୀ ମହିଳାଙ୍କ ପାଇଁ ପୋଷକ ତତ୍ୱର ଅଭାବ ଦେଖାଯାଇଥିବାର ସୁଚନା ଅନୁମାନ କରାଯାଇଛି। ଯାହ ପାଇଁ ଆମକୁ ସାବଧାନତା ଅବଲମ୍ବନ କରି ପୋଷକ ତତ୍ୱର ଖାଦ୍ୟ ପଦାର୍ଥ ଖାଇବା ଆବଶ୍ୟକତା ରହିଛି ବୋଲି ଅନ୍ତରଙ୍ଗ ଯୁବ ମାହାସଂଘର ସମ୍ପାଦକ ହୃଷିକେଶ ପ୍ରଧାନ ବୁଝେଇଥିଲେ। ମହାମାରୀ ପାଇଁ ସ୍କୁଲ କଲେଜ ଗୁଡିକ ବନ୍ଦ ରହିଥିବା ଫଳରେ ଛାତ୍ରଛାତ୍ରୀ ମାନଙ୍କ ପାଠପଢ଼ାରେ ବ୍ୟାଘାତ ଶୃଷ୍ଟି ହେଉଛି। ଏହାର ସମାଧାନ ଆମ ନିଜ ପାଖରେ ଅଛି। ଯାହାକି ନିଜେ ପାଠ ପଢ଼ିବା ଅଭ୍ୟାସ ରଖିବାକୁ ପଡିବ ଓ ଆଗାମୀ ଦିନରେ ମଧ ପଢ଼ିବା ପାଇଁ ଅନ୍ୟ ଭାଇଭଉଣୀଙ୍କୁ ମଧ ପ୍ରବର୍ତାଇବା ଉଚିତ ବୋଲି ବାଲ୍ୟ ବିବାହ ପ୍ରତିରୋଧ ମଂଚର ସମ୍ପାଦିକା ବିଷ୍ଣୁ ପ୍ରିୟା ପ୍ରଧାନ କହିଛନ୍ତ।

## ଆଶାସାଥି ସଂଘ ପକ୍ଷରୁ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଦାବିପତ୍ର

କେନ୍ଦ୍ରାପଡା,(ପିଏନ)-ଭାରତୀୟ ମଜଦୁର ସଂଘ ସଂଲଗ୍ନ ରାଜ୍ୟ ଆଶାସାଥି ସଂଘ କେନ୍ଦ୍ରାପଡା ଜିଲ୍ଲା ଶାଖା ପକ୍ଷରୁ ୮ଦଫା ଦାବି ପୂରଣ ପାଇଁ ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କୁ ଦାବିପତ୍ର ଜିଲ୍ଲାପାଳଙ୍କ ଜରିଆରେ ପ୍ରଦାନ କରାଯାଇଛି। ଭାରତୀୟ ମଜଦୁର ସଂଘର ଜିଲ୍ଲା ସଭାପତି ପ୍ରଭାତ ପାଣି, ସଂପାଦକ ପ୍ରଶାନ୍ତ କୁମାର ତ୍ରିପାଠୀ ଓ ଅରୁଣ କୁମାର ସିଂହଙ୍କ ସମେତ ଆଶାସାଥି ସଭାପତି ମଞ୍ଜୁଲତା ସାମଲ, ସଂପାଦିକା ରାଜଲକ୍ଷ୍ମୀ ସୁତାର, ମଧୁସ୍ମିତା ଓଝା, ସୁଜାତା ରାଉତ ଓ ମନୋରମା ମହାପାତ୍ର ପ୍ରମୁଖ ଜିଲ୍ଲାପାଳ ସମର୍ଥ ବର୍ମାଙ୍କୁ ଭେଟି ଦାବିପତ୍ର ପ୍ରଦାନ କରିଛନ୍ତି।

ଦାବି ଗୁଡିକ ମଧ୍ୟରୁ ଆଶାସାଥି ମାନଙ୍କୁ ସରକାରୀ ମାନ୍ୟତା ପ୍ରଦାନ, କେନ୍ଦ୍ର ସରକାରଙ୍କ ଘୋଷଣା ଅନୁଯାୟୀ ମାସିକ ୬ ହଜାର ଟଙ୍କା ପ୍ରଦାନ, ସାଥି ମାନଙ୍କ ପାଇଁ ଡ୍ରେସ୍ କୋଡ ଲାଗୁ କରିବା, ଦକ୍ଷତା ବୃଦ୍ଧି ପାଇଁ ତାଲିମ ଦେବା, ଆଶାସାଥି ମାନଙ୍କୁ ବୀମା ଭୁକ୍ତ କରି ମୃତ୍ୟୁକାଳୀନ ସହାୟତା ପ୍ରଦାନ କରିବା, ପ୍ରଧାନମନ୍ତ୍ରୀ ଜୀବନ ଜ୍ୟୋତି ଯୋଜନା ଓ ପ୍ରଧାନମନ୍ତ୍ରୀ ସୁରକ୍ଷା ବୀମା ଯୋଜନା ଲାଗୁ କରିବା, ଆୟୁଷ୍ମାନ ଭାରତ ଚିକିତ୍ସା ବୀମାରେ ଆଶାସାଥିଙ୍କୁ ଅର୍ନ୍ତଭୁକ୍ତ କରିବା ଓ କୋଭିଡ-୧୯ ଯୋଦ୍ଧା ଭାବେ ଏମାନଙ୍କୁ ପ୍ରୋତ୍ସାହନ ରାଶି ଓ ସୁରକ୍ଷା ପ୍ରଦାନ କରିବା ଆଦି ପ୍ରମୁଖ ଦାବି ରହିଛି।

## ସ୍କର୍ପିଓ ଧକ୍କାରେ ଦୁଇ ସ୍କୁଟି ଆରୋହୀ ଆହତ

କୋରେଇ,(ପିଏନ)- ପାଣିକୋଇଲି ଥାନା ଅନ୍ତର୍ଗତ ୨୦ ନମ୍ବର ଜାତୀୟ ରାଜପଥର ତୁଳସୀ ପେଟ୍ରୋଲ ପମ୍ପ ନିକଟରେ ଭୁବନେଶ୍ୱରରୁ ନିଜଗ୍ରାମ କେଉଁଝର ଜିଲ୍ଲା ପାଟଣା ଥାନା ଅନ୍ତର୍ଗତ ବାଇଁଶିରା ଗ୍ରାମକୁ ଏକ ସ୍କୁଟି( ଓଡ଼ି୩୩କେ୨୭୭୭)ରେ ଯାଉଥିବା ଦାମୁ ଚମ୍ପିଆଙ୍କ ଦୁଇ ପୁଅ କେଦାର ଓ କୀର୍ତନଙ୍କୁ ଏକ ଦ୍ରୁତଗାମୀ ସ୍କର୍ପିଓ ସାଇଡ଼ ମାରିଦେବାରୁ ଦୁଇ ଭାଇ ରାସ୍ତା ଡ଼ିଭାଇଡ଼ର ଉପରେ ପଡ଼ି ଆହତ ହୋଇଥିଲେ।

# ବାଲିଘାଟ ନିଲାମ ବନ୍ଦ ପାଇଁ ହାଇକୋର୍ଟରେ ମାମଲା

କୋରେଇ, (ପିଏନ)- ଯାଜପୁର ଜିଲ୍ଲା କୋରାଇ ବ୍ଲକ ମୂଳାପାଳ ପଂଚାୟତ ଅନ୍ତର୍ଗତ ରଣପାଳ ଓ ଧନତ୍ରୀ ମୌଜାର ବୈତରଣୀ ନଦୀରେ ବାଲିଘାଟ ନିଲାମ ପାଇଁ ରାଜସ୍ୱ ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଥିଲା। ରଣପାଳ ଓ ଧନତ୍ରୀ ବାଲିଘାଟ ନିଲାମ ନକରିବାକୁ ଗ୍ରାମବାସୀଙ୍କ ପକ୍ଷରୁ ଜିଲ୍ଲାପାଳଙ୍କ ଠାରୁ ଆରମ୍ଭ କରି ତହସିଲଦାରଙ୍କ ପର୍ଯ୍ୟନ୍ତ ସମସ୍ତଙ୍କୁ ପତ୍ର ମାଧ୍ୟମରେ ଜଣାଇ ଦିଆଯାଇଥିଲା। ପରେ ଦୁଇ ରଣପାଳ ଓ ଧନତ୍ରୀ ବାଲିଘାଟ ନିଲାମ ବନ୍ଦ କରିବା ନେଇ ଗ୍ରାମବାସୀ ହାଇକୋର୍ଟର ଦ୍ୱାରସ୍ଥ ହୋଇଥିଲେ। ଏନେଇ ଡବ୍ଲୁ. ପି. (ସି) ୨୨୭୨୫ରେ ମାମଲା ରୁଜୁ କରାଯାଇଛି। ବୈତରଣୀ ନଦୀର ଏହି ବାଲିଘାଟ ନିଲାମ ଦ୍ୱାରା ନଦୀବନ୍ଧ ପ୍ରତି ବିପଦ ସହ ବନ୍ୟାପ୍ଲାବିତ ଏହି ପଂଚାୟତର କ୍ଷରୋ, ସରସଦା ଧନତ୍ରୀ, ଗୋବିନ୍ଦପୁର, ରଣପାଳ ସମେତ ଅନେକ ଗ୍ରାମ କ୍ଷତିଗ୍ରସ୍ତ ହେବାର ସମ୍ଭାବନା ସୃଷ୍ଟି ହୋଇଛି। ତେଣୁ ବିପଦ ଦୃଷ୍ଟିରୁ ଏହି ନିଲାମ ବନ୍ଦ କରିବାକୁ ଅଭିଯୋଗରେ ଦର୍ଶାଯାଇଛି। ଏହା ସହିତ ନଦୀ ପଠାରେ ଥିବା ବିଭିନ୍ନ ଦେବାଦେବୀ ମନ୍ଦିର କ୍ଷତିଗ୍ରସ୍ତ ହେବ।

ଏନେଇ ରଣପାଳ ଗ୍ରାମର କିଶୋର ଚନ୍ଦ୍ର ପାଳ, କାର୍ତ୍ତିକ ଚନ୍ଦ୍ର ପଣ୍ଡା, ଅଭିମନ୍ୟୁ ପାଳ, ଉପେନ୍ଦ୍ର ବେହେରା, ପ୍ରତାପ ମଲ୍ଲିକ, ଦୁର୍ଗାପ୍ରସାଦ ପଣ୍ଡା ପ୍ରମୁଖ ଓଡିଶା ସରକାର ପଂଚାୟତରାଜ ପ୍ରିନିସପାଲ ସେକ୍ରେଟାରୀ, ରାଜସ୍ୱ ଓ ପ୍ରାକୃତିକ ବିପର୍ଯ୍ୟୟ ପ୍ରିନିସିପାଲ ସେକ୍ରେଟାରୀ, କଲେକ୍ଟର ଯାଜପୁର, ସବକଲେକ୍ଟର ଯାଜପୁର ଓ ତହସିଲଦାରଙ୍କୁ ପକ୍ଷଭୁକ୍ତ କରାଯାଇ ହାଇକୋର୍ଟରେ ମାମଲା ରୁଜୁ କରିଛନ୍ତି। ପରବର୍ତ୍ତି ଶୁଣାଣୀ ପର୍ଯ୍ୟନ୍ତ ନିଲାମ ବନ୍ଦ କରିବାକୁ ହାଇକୋର୍ଟ ଜିଲ୍ଲାପାଳ ଯାଜପୁରଙ୍କୁ ଅବଗତ କରିଛନ୍ତି।

# ମୃତ ଏବଂ ଅବସରପ୍ରାପ୍ତ ଶିକ୍ଷକଙ୍କୁ ପଦୋନ୍ନତି

କଣାସ, (ପିଏନ)- ରାଜ୍ୟ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶକଙ୍କ ପକ୍ଷରୁ ହାଇସ୍କୁଲ ଶିକ୍ଷକମାନଙ୍କର ପଦୋନ୍ନତି ସମ୍ପର୍କିତ ସରକାରୀ ତାଲିକା ପ୍ରକାଶ ପାଇଛି। କିନ୍ତୁ ଏହି ତାଲିକାର ସଠିକତା ନେଇ ବୁଦ୍ଧିଜୀବି ମହଲରେ ପ୍ରଶ୍ନବାଚୀ ସୃଷ୍ଟି କରିଛି। କାରଣ ଏହି ତାଲିକାରେ କଣାସ ବ୍ଲକରୁ ଜଣେ ଶିକ୍ଷକଙ୍କ ମୃତ୍ୟୁ ହୋଇଯାଇଥିବା ବେଳେ ଅନ୍ୟ ଜଣେ ୯ ମାସ ହେଲା ଅବସର ନେଇଯାଇଥିବା ବେଳେ ସେମାନଙ୍କୁ ପଦୋଉନ୍ନତି ଦିଆଯାଇଥିବା ଜଣାପଡିଛି। ରାଜ୍ୟ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶାଳୟ ପକ୍ଷରୁ ଚିଠି ନଂ-୧୯୦୭୦ ତାରିଖ ୧୧.୦୯.୨୦୨୦ରିଖରେ ପୁରୀ ଜିଲ୍ଲାର ୯୨ ଜଣ କନିଷ୍ଠ ବର୍ଗ ଶିକ୍ଷକ ଶିକ୍ଷୟତ୍ରୀଙ୍କୁ ପଦୋନ୍ନତି ମିଳିଛି। ଉପୋଉନ୍ନତି ସାଙ୍ଗକୁ ସେମାନଙ୍କୁ ସେହି ବିଦ୍ୟାଳୟ ଅଥବା ଅନ୍ୟ ବିଦ୍ୟାଳୟରେ ପ୍ରଧାନ ଶିକ୍ଷକ ଭାବେ ନିଯୁକ୍ତି ପ୍ରଦାନ କରାଯାଇଛି। କିନ୍ତୁ, ଏହି ତାଲିକାର କ୍ରମିକ ନଂ-୫୮ରେ ଥିବା ଜମ୍ବେଶ୍ୱର ସାମନ୍ତରାୟ ଗଡସାନପୁଟ ହାଇ ସ୍କୁଲରୁ ଗତ ଜାନୁଆରି ମାସରେ ଅବସର ନେଇଯାଇଥିବା ବେଳେ ସେହି ତାଲିକାର କ୍ରମିକ ନଂ-୬୧ରେ ଥିବା କାଦୁଆଖାଟ ଏକାଡେମୀର ରମେଶ ଚନ୍ଦ୍ର ମିଶ୍ର ଗତ ବର୍ଷ ମଇ ମାସରେ ଆରପାରିକୁ ଚାଲିଗଲେଣି। ଅବସର ନେବା ୮ମାସ ଅଥବା ମୃତର ଦେଢ ବର୍ଷପରେ ସରକାରୀ ନିର୍ଦ୍ଦେଶାନାମା ଅନୁଯାୟୀ ମୃତ ଏବଂ ଅବସରପ୍ରାପ୍ତ ଶିକ୍ଷକଦ୍ୱୟ କିପରି ଦାୟିତ୍ୱ ଗ୍ରହଣ କରିବେ ଏହାକୁ ହିଁ ବୁଦ୍ଧିଜୀବିମାନେ ଅପେକ୍ଷା କରିରହିଛନ୍ତି।

# ମହିଳା ସାଥି ନିଯୁକ୍ତି ବାତିଲ୍ ନହେଲେ ଆନ୍ଦୋଳନ କରିବେ ଗାଁ ସାଥି

କେନ୍ଦ୍ରାପଡା, (ପିଏନ)- ନିଖିଳ ଓଡିଶା ଗାଁ ସାଥି ସଂଘ କେନ୍ଦ୍ରାପଡା ଶାଖା ପକ୍ଷରୁ ମହିଳା ସାଥି ନିଯୁକ୍ତି ବାତିଲ୍ ପାଇଁ ଦାବି କରାଯାଇଛି। ନିଯୁକ୍ତି ବାତିଲ୍ କରା ନଗଲେ ଚଳିତ ମାସ ୧୮ ତାରିଖରେ ଜିଲ୍ଲାପାଳ ଜିଲ୍ଲା କାର୍ଯ୍ୟାଳୟ ସମ୍ମୁଖରେ ସତ୍ୟାଗ୍ରହ କରାଯିବ ବୋଲି ଜିଲ୍ଲା କମିଟି କର୍ମକର୍ତା ମାନେ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଏକ ସ୍ମାରକ ପତ୍ର କେନ୍ଦ୍ରାପଡା ଜିଲ୍ଲାପାଳଙ୍କୁ ପ୍ରଦାନ କରିଛନ୍ତି। ସ୍ମାରକପତ୍ରର ଦାବି ମୁତାବକ ଏମ ନରେଗା କାର୍ଯ୍ୟ ପରିଚାଳନା ପାଇଁ ରାଜ୍ୟ ସରକାର ପ୍ରତ୍ୟେକ ରାଜସ୍ୱ ଗ୍ରାମରେ ଦୁଇ ଜଣ ଉଚ୍ଚ ଶିକ୍ଷିତ ଗାଁ ସାଥିଙ୍କୁ ନିଯୁକ୍ତି ଦେଇଥିଲେ। ଚୁକ୍ତି ମୁତାବକ ସେମାନଙ୍କୁ ଥଇଥାନ କରା ନଯାଉଣୁ ପୁନର୍ବାର ପ୍ରତ୍ୟେକ ଗ୍ରାମରେ ଦୁଇଜଣ ମହିଳାଙ୍କୁ ନିଯୁକ୍ତି ଦେବାପାଇଁ ବିଜ୍ଞାପନ ବାହାର କରାଯାଇଛି। ଏହାକୁ ତୁରନ୍ତ ପ୍ରତ୍ୟାହର କରିବା ପୂର୍ବରୁ ଥିବା ଗାଁ ସାଥି ମାନଙ୍କୁ ତାଲିମ୍ ପ୍ରଦାନ କରି ଖାଲିଥିବା ସରକାରୀ ଚାକିରୀରେ ନିଯୁକ୍ତି ଥିବା, ପ୍ରତ୍ୟେକ ଗ୍ରାମରେ ପ୍ରବାସୀ ଶ୍ରମିକ ଓ ବେକାର ଯୁବକ ଯୁବତୀଙ୍କୁ ୨୦୦ ଦିନର କାମ ଯୋଗାଇ ଦେବା ପ୍ରଭୃତି ୫ ଦଫା ଦାବିପତ୍ର ଅତିରିକ୍ତ ଜିଲ୍ଲାପାଳ ବସନ୍ତ କୁମାର ରାଉତଙ୍କୁ ପ୍ରଦାନ କରାଯାଇଛି। ସଂଘର ଉପଦେଷ୍ଟା ଆଇନଜୀବି ରମଣୀ ରଞ୍ଜନ ରାଉତରାୟ, ସଭାପତି ପ୍ରମିଳା ସାମଲ, କ୍ଷିରୋଦ କୁମାର ଖଟୁଆ, ନିତ୍ୟ ସୁନ୍ଦର ଜେନା, ଉପେନ୍ଦ୍ର ସାହୁ, ମୁକୁନ୍ଦ ମହାପାତ୍ର, ରବିନ୍ଦ୍ର ରାଉତ ପ୍ରମୁଖ ଦାବିପତ୍ର ପ୍ରଦାନ ବେଳେ ଉପସ୍ଥିତ ଥିଲେ।

୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ଖେଳ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

Bhubaneswar Friday December 13 ଭୁବନେଶ୍ୱର ଶୁକ୍ରବାର, ଡିସେମ୍ବର ୧୩,୨୦୨୪ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com



## ଓଡିଶା କ୍ଷୁଦ୍ର ଓ ମଧ୍ୟମ ସମ୍ବାଦପତ୍ର ସଂଘର ଦୁଇ ଦିନିଆ ରାଜ୍ୟ ସମ୍ମିଳନୀ ଉଦଯାପିତ

ବାଲେଶ୍ୱର,(ପି.ଏନ): ଓଡିଶାରୁ ପ୍ରକାଶ ପାଉଥିବା କ୍ଷୁଦ୍ର ଓ ମଧ୍ୟମ ସମ୍ବାଦପତ୍ରର ସମ୍ପାଦକ, ପ୍ରକାଶକ, ସ୍ୱତ୍ତ୍ୱାଧିକାରୀ ମାନଙ୍କୁ ନେଇ ବାଲେଶ୍ୱର ଉଦ୍ୟଗ ଭବନ ଠାରେ ୭ ଓ ୮ ଶନିବାର ଓ ରବିବାର ଦୁଇଦିନ ଧରି ପ୍ରଥମ ରାଜ୍ୟ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। ପ୍ରଥମ ଦିବସ ୭ ତାରିଖରେ ଓଡିଶା କ୍ଷୁଦ୍ର ମାଧ୍ୟମ ସମ୍ବାଦପତ୍ର ସୋସାଇଟି ପକ୍ଷରୁ ରାଜ୍ୟ ସମ୍ମିଳନୀ ଉଦଘାଟିତ ହୋଇଥିଲା। ଅଭିନନ୍ଦନ ସମ୍ବାଦପତ୍ରର ସମ୍ପାଦକ ଇଞ୍ଜିନିୟର ଜଗଦୀଶ ମିଶ୍ର ପୌରହିତ୍ୟ କରିଥିବା ବେଳେ ମୁଖ୍ୟ ଅତିଥି ଭାବେ ଦୈନିକ ଧ୍ୱନିପ୍ରତିଧ୍ୱନି ସମ୍ବାଦ ପତ୍ରର ମୁଖ୍ୟ ସମ୍ପାଦକ ସୃଷ୍ଟିଧର ପରିଡା ଯୋଗଦେଇଥିବା ବେଳେ ଏଥିରେ ସଂଘର ରାଜ୍ୟ ସଭାପତି ରବି ରଥ, ସତ୍ୟଖବର ସମ୍ବାଦପତ୍ରର ସମ୍ପାଦକ ଅକ୍ଷୟ ନାୟକ ଯୋଗଦେଇ ସଂଘର ସମସ୍ୟା ସମ୍ପର୍କରେ ଆଲୋକପାତ କରିଥିଲେ। ଏହି ସମ୍ମିଳନୀରେ ରାଜ୍ୟରୁ ବିଭିନ୍ନ ଅଞ୍ଚଳରେ ପ୍ରକାଶ ପାଉଥିବା ୫୦ ରୁ ଉର୍ଦ୍ଧ ସମ୍ବାଦପତ୍ର ର ସମ୍ପାଦକ ଓ ପ୍ରକାଶକ ଯୋଗ ଦେଇଥିଲେ। ଦୁଇ ଦିନ ବ୍ୟାପୀ ଆୟୋଜିତ ଉତ୍ସବ ଅନୁଷ୍ଠିତ ହେବାକୁ ଥିବା ବେଳେ କ୍ଷୁଦ୍ର ମାଧ୍ୟମ ସମ୍ବାଦପତ୍ର ପ୍ରକାଶନ କ୍ଷେତ୍ର ରେ ସୃଷ୍ଟି ହୋଇଥିବା ସମସ୍ୟା ଉପରେ ଆଲୋଚନା ହେବ। ଏହା ସହ କ୍ଷୁଦ୍ର ମାଧ୍ୟମ ସମ୍ବାଦପତ୍ର ଉପରେ ରାଜ୍ୟ ସରକାର ଯେଉଁ ଭଳି କ୍ରମାଗତ ଭାବେ ଅବହେଳିତ କରୁଛନ୍ତି ତାର ଦୃଢ ପ୍ରତିବାଦ କରିବା ସହିତ ସଂଘର ନ୍ୟାର୍ଯ୍ୟ



ଦାବି ନେଇ ଆଗାମୀ ଦିନରେ ରାଜରାସ୍ତାକୁ ସଂଘ ଓହ୍ଲାଇବା ପାଇଁ ନିଷ୍ପତି ନିଆଯିବ। ଶେଷରେ ରମାକାନ୍ତ ପରିଜା ଧନ୍ୟବାଦ ଦେଇଥିଲେ।

ସେହିପରି ଦ୍ୱିତୀୟ ଦିବସରେ ମୁଖ୍ୟତଃ କ୍ଷୁଦ୍ର ଓ ମଧ୍ୟମ ସମ୍ବାଦପତ୍ର ର ସମ୍ପାଦକ ମାନେ ପ୍ରକାଶନ କ୍ଷେତ୍ରରେ ଦେଖା ଦେଉଥିବା ସମସ୍ୟା ଉପରେ ଆଲୋଚନା କରିଥିଲେ। କେନ୍ଦ୍ର ଏବଂ ରାଜ୍ୟ ସରକାର କ୍ରମାଗତ ଭାବେ ଏହି ସମ୍ବାଦପତ୍ର ଗୁଡିକ ପ୍ରତି ଅବହେଳା ପ୍ରଦର୍ଶନ କରୁଥିବାରୁ ସଦସ୍ୟମାନେ ସରକାରଙ୍କ ଦୃଷ୍ଟି ଭଙ୍ଗୀ ପରିବର୍ତ୍ତନ କରିବା ପାଇଁ ଦାବୀ କରାଯାଇଥିଲା । କ୍ଷୁଦ୍ର ମଧ୍ୟମ ସମ୍ବାଦପତ୍ର ଗୁଡିକ ପାଇଁ ଏକ ସ୍ୱତନ୍ତ୍ର ବିଜ୍ଞାପନ ନୀତି ପ୍ରଣୟନ କରିବାପାଇଁ ଦାବୀ କରାଯାଇଥିଲା। ବର୍ଷ ବର୍ଷ ଧରି ସରକାରୀ ଅନୁମୋଦନ ପାଇଁ ଆବେଦନ କରାଯାଇଥିବା ସମ୍ବାଦପତ୍ର ଗୁଡିକ ପ୍ରତି କୋହଳ ମନଭାବ ପ୍ରଦର୍ଶନ କରି ସରକାରୀ ଅନୁମୋଦନ କରାଯାଉ । ଆରଏନଆଇ ପଞ୍ଜିକୃତ ଖବର କାଗଜ ଗୁଡିକୁ ସରକାରୀ ସ୍ୱୀକୃତପ୍ରାପ୍ତ ସମ୍ବାଦପତ୍ର ଭଳି ମାନ୍ୟତା ପ୍ରଦାନ କରାଯାଉ । ସମସ୍ତ ଖବରକାଗଜର ସମ୍ପାଦକ ମାନଙ୍କୁ ବରିଷ୍ଠତା ଭିତ୍ତିରେ ରାଜ୍ୟ ରାଜଧାନୀରେ ସରକାରୀ ଗୃହ ଯୋଗାଇ ଦିଆଯାଉ। ଏହିଭଳି ସାତ ଦଫା ଦାବୀ ସରକାରଙ୍କ ଠାରେ ରଖିବା ପାଇଁ ପ୍ରସ୍ତାବ ଗୃହତ ହୋଇଥିଲା।ଏହି ଅବସରରେ ଆଗାମୀ ଦୁଇ ବର୍ଷ ପାଇଁ ସାଂଗଠନିକ ନିର୍ବାଚନ କରାଯାଇ ଓଡିଶା କ୍ଷୁଦ୍ର ଓ ମଧ୍ୟମ ସମ୍ବାଦପତ୍ର ସଂଗଠନର ପ୍ରତିଷ୍ଠାତା ସଭାପତି ରବି ରଥଙ୍କୁ ଅଧ୍ୟକ୍ଷ ପଦବୀ ସୃଷ୍ଟି କରାଯାଇ ସର୍ବସମ୍ମତିକ୍ରମେ ଦାୟିତ୍ୱ ପ୍ରଦାନ କରାଯାଇଥିଲା। ଆଗାମୀ ଦୁଇବର୍ଷ ପାଇଁ ସଭାପତି -ବଂଶୀଧର ଜେନା, କାର୍ଯ୍ୟକାରୀ ସଭାପତି-ଡା. ଜୀବନ କୁମାର ଦିକ୍ଷୀତ, ଉପସଭାପତି ଭାବେ ଅକ୍ଷୟ କୁମାର ନାୟକ, ରମାକାନ୍ତ ପରିଜା, ସ୍ୱଦେଶ ଚନ୍ଦ୍ର ଦାସ, ସାଧାରଣ ସମ୍ପାଦକ-ଜ୍ୟୋତି ରଞ୍ଜନ ମହାପାତ୍ର, ସଂଗଠନ ସମ୍ପାଦକ-ଇଂ ଜଗଦୀଶ ମିଶ୍ର, ସମ୍ପାଦକ ଭାବେ ଶୁକଦେବ ପରିଡା, ସୁଶାନ୍ତ କୁମାର ସାହୁ, ନିରଞ୍ଜନ ପଟ୍ଟନାୟକ, କୋଷାଧ୍ୟକ୍ଷ ଭାବେ ତପନ କୁମାର ପତି, କାର୍ଯ୍ୟକାରୀ କମିଟି ସଦସ୍ୟ ଭାବେ ମନୋଜ ବେହେରା, ଗଣେଷ ବିଶୋଇ, ଭାଗିରଥି ସ୍ୱାଇଁ, ବାବୁଲି ବେହେରା, ଅମର ପଣ୍ଡା, ଆତ୍ରତ୍ରାଣ ପତି,ଅତନୁ ନାଏକ ଙ୍କୁ ସର୍ବ ସମ୍ମତୀ କ୍ରମେ ନିର୍ବାଚିତ ହୋଇଥିଲେ।ଏହି ଅବସରରେ ବିଭିନ୍ନ କ୍ଷେତ୍ରରେ ଉଲ୍ଲେଖନୀୟ ଅବଦାନ ପାଇଁ ୬ଜଣ ବିଶିଷ୍ଟ ପ୍ରତିଭା ଶିକ୍ଷାବିତ ଡକ୍ଟର ଘନଶ୍ୟାମ ବିଶ୍ୱାଳ, ସାମ୍ବାଦିକ ଡକ୍ଟର ଅକ୍ଷୟ ଅଗ୍ରୱାଲ, ସ୍ତମ୍ଭକାର ପଞ୍ଚାନନ ବେହେରା, ସମାଜସେବୀ ସଞ୍ଜୀବ କୁମାର ପା? ଓ ଯୁବ ସମାଜ ସେବୀ ସତେନ୍ଦ୍ର ଦାସ ଙ୍କୁ ସଂଗଠନର ଅଧ୍ୟକ୍ଷ ରବି ରଥଙ୍କ ଦ୍ୱାରା ସମ୍ବର୍ଦ୍ଧିତ କରାଯାଇଥିଲା। ଶେଷରେ ପରିବର୍ତ୍ତନର ସମ୍ପାଦକ ରମାକାନ୍ତ ପରିଜା ଧନ୍ୟବାଦ ଅର୍ପଣ କରିଥିଲେ।ଏହି କାର୍ଯ୍ୟକ୍ରମରେ ଓଡିଶାର ବିଭିନ୍ନ ପ୍ରାନ୍ତରୁ ଶତାଧିକ ପ୍ରତିନିଧି ଯୋଗ ଦେଇଥିଲେ ।

ପ୍ରାରମ୍ଭରେ ଇତିମଧ୍ୟରେ ପରଲୋକ ଘଟିଥିବା ଇପିଏ ୱିକ୍ଲିର ସମ୍ପାଦକ ଅନିଲ ମିଶ୍ର, କେଉଁଝର ଟାଇମସ୍ ର ସମ୍ପାଦକ ନିରଞ୍ଜନ ନାୟକ, ଅପିଲର ସମ୍ପାଦକ ପୃଥ୍ୱୀରାଜ ସାହୁ, ସାହାଣମେଲା ସମ୍ପାଦକ ଦେବେନ୍ଦ୍ର ନାଥ ଦାଶ ଓ ଇତିହାସର ଡାଏରୀ ସମ୍ପାଦକ ଡ. ପାବକ କାନୁନଗୋଙ୍କ ବିୟୋଗରେ ଦୁଇ ମିନିଟ ନିରବ ପ୍ରାର୍ଥନା କରାଯାଇ ଅମର ଆତ୍ମାର ସଦଗତି କାମନା କରାଯାଇଥିଲା।

## 'ସାରସ୍ୱତ ସାହିତ୍ୟ ସଂସଦ'ର ବାର୍ଷିକ ଉତ୍ସବ

କଟକ,(ପି.ଏନ): ଅଗ୍ରଣୀ ସାହିତ୍ୟ ଅନୁଷ୍ଠାନ,'ସାରସ୍ୱତ ସାହିତ୍ୟ ସଂସଦ'ର ବାର୍ଷିକ ଉତ୍ସବ ବାଣୀପୀଠ ଶ୍ରୀରାମଚନ୍ଦ୍ର ଭବନ ସଭାଗୃହରେ ଅନୁଷ୍ଠିତ ହୋଇଯାଇଛି। ଉକ୍ତ ଉତ୍ସବରେ ବିଶିଷ୍ଟ ରମ୍ୟରଚନା ଲେଖକ ଡକ୍ଟର ନାରାୟଣ ମହାନ୍ତି ଅଧ୍ୟକ୍ଷତା କରିଥିବା ବେଳେ ବିଶିଷ୍ଟ ପ୍ରାବନ୍ଧିକ ଡକ୍ଟର ବାବାଜୀ ଚରଣ ପଟ୍ଟନାୟକ ସମ୍ମାନିତ ବକ୍ତା, ବିଶିଷ୍ଟ ସାରସ୍ୱତ ସାଧକ ଜଗବନ୍ଧୁ ମିଶ୍ର ମୁଖ୍ୟବକ୍ତା ଭାବେ ବିଶିଷ୍ଟ ଗାଳ୍ପିକା ତଥା ଔପନ୍ୟାସିକା ଡକ୍ଟର ସୁଲୋଚନା ଦାସ ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିଲେ । ଦେଶ ଓ ବିଶ୍ୱର ବର୍ତ୍ତମାନ ପରିସ୍ଥିତି, ସାମାଜିକ ସମସ୍ୟା ଓ ଆଗାମୀ ଦିନର ଆହ୍ୱାନକୁ ନେଇ ସାହିତ୍ୟ ସର୍ଜନା ହେବା ଉଚିତ୍ ବୋଲି ସମ୍ମାନନୀୟ ବକ୍ତା ଓ ଅତିଥିମାନେ ମତପ୍ରକାଶ କରିଥିଲେ । ମୁଖ୍ୟବକ୍ତା ଶ୍ରୀ ମିଶ୍ର ସାମ୍ପ୍ରତିକ ଓଡ଼ିଆ ସାହିତ୍ୟରେ ସ୍ୱଦେଶୀ ଭାବନା,ବୀରରସ ଓ ଦେଶଭକ୍ତିର ପୁନଃଜାଗରଣ



ଉପରେ ଗୁରୁତ୍ୱାରୋପ କରିଥିଲେ । ଡକ୍ଟର ନାରାୟଣ ମହାନ୍ତି ସାହିତ୍ୟ ସର୍ଜନାରେ ଶୁଦ୍ଧତା ଆଣିବାକୁ ପ୍ରୁଫ ସଂଶୋଧନ ମହତ୍ତ୍ୱପୂର୍ଣ୍ଣ ବୋଲି କହିଥିଲେ । ରମ୍ୟ-ବ୍ୟଙ୍ଗ ସାହିତ୍ୟିକ ରାଧାଶ୍ୟାମ ରାଉଳ ଅତିଥିମାନଙ୍କୁ ମଞ୍ଚକୁ ନିମନ୍ତ୍ରଣ କରିଥିବାବେଳେ କବି ପ୍ରସନ୍ନ କୁମାର ସ୍ୱାଇଁ ଅତିଥିମାନଙ୍କ ପରିଚୟ ପ୍ରଦାନ କରିଥିଲେ । ସ୍ୱାଗତ ଭାଷଣ ପ୍ରଦାନ ଛଳରେ ଅନୁଷ୍ଠାନର ସମ୍ପାଦକ ଶ୍ରୀ ବିପିନ ବିହାରୀ ରାଉତ ସାହିତ୍ୟ ସଂସଦର ଆଭିମୁଖ୍ୟ ଓ ଉପଲବ୍ଧି ବର୍ଣ୍ଣନା କରିଥିଲେ । ପ୍ରଦୀପ ପ୍ରଜ୍ୱଳନ ଏବଂ ବନ୍ଦେ ଉତ୍କଳ ଜନନୀ ଗାନରେ ସଭାକାର୍ଯ୍ୟ ଆରମ୍ଭ ହୋଇଥିଲା । ସଂସଦର ଯୁଗ୍ମ ସମ୍ପାଦକ ଡକ୍ଟର ନିରୋଦ କୁମାର ମନ୍ତ୍ରୀ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ ଏବଂ ଏଥିରେ ଆଡଭୋକେଟ୍ ଘାସିରାମ ବର୍ମା, ପ୍ରତିଭା ପ୍ରିୟ ଦର୍ଶନୀ,ପ୍ରଜ୍ଞା ପରିମିତା ଆଚାର୍ଯ୍ୟ, ସୁନୀଲ ଦ୍ୱିବେଦୀ,ସବ୍ୟସାଚୀ ଜେନା,ପ୍ରଚେତ କୁମାର ମିଶ୍ର, ରଶ୍ମିରଞ୍ଜନ ଶତପଥୀ ଓ ସୁଶାନ୍ତ କୁମାର ଦାସ ସହଯୋଗ କରିଥିଲେ । ଅନ୍ୟମାନଙ୍କ ମଧ୍ୟରେ,କବି ଅମୀୟ ରଞ୍ଜନ ମହାପାତ୍ର,ବ୍ରହ୍ମାନନ୍ଦ ବିଶ୍ୱାଳ, ମୁରଲୀଧର ଶତପଥୀ, ରାଜୀବଲୋଚନ ଷଡ଼ଙ୍ଗୀ,ପ୍ରେମଚାନ୍ଦ ମହାନ୍ତି ପ୍ରମୁଖ ଯୋଗ ଦେଇଥିଲେ। ଧନ୍ୟବାଦ ଅର୍ପଣ କରିଥିଲେ ଅନୁଷ୍ଠାନର କୋଷାଧ୍ୟକ୍ଷ ଶ୍ରୀ ସରୋଜ କାନ୍ତ ପାଇଟାଲ ।

## ବାରଙ୍ଗ ବ୍ଲକ ରେ ବିଶ୍ୱ ଶୌଚାଳୟ ଦିବସ ପାଳନ

ଭୁବନେଶ୍ୱର,(ପି.ଏନ): ଫୁଲନଖରା ବାରଙ୍ଗ ବ୍ଲକ୍ ସମ୍ମିଳନୀ କକ୍ଷରେ ବିଡିଓ ସ୍ୱାଗତ ଦାସ ଙ୍କ ନେତୃତ୍ୱରେ ବିଶ୍ୱ ଶୌଚାଳୟ ଦିବସ ପାଳନ କରାଯାଇଅଛି , ଏହା ନଭେମ୍ବର ୧୯ ତାରିଖରୁ ଆରମ୍ଭ ହୋଇ ଡିସେମ୍ବର ୧୦ ତାରିଖରେ ସମାପନ ହୋଇଯାଇଅଛି, ପାଇଖାନା ବ୍ୟବହାରର ଉପକାରିତା,ସ୍ୱଚ୍ଛତା ଶପଥ ପାଠ କରାଯାଇଥିଲା, ଶୌଚାଳୟ ରୁ ବାଦ ପଡିଥିବା ପରିବାରକୁ ଗ୍ରାମ୍ୟ ଜଳ ଓ ପରିମଳ କମିଟି ଦ୍ୱାରା ସର୍ଭ ? କରାଯାଉ ସେମାନଙ୍କୁ ଶୌଚାଳୟ ପାଇଁ



ଅନୁମତି ପତ୍ର ଦିଆଯିବ, ଅନ୍ୟମାନଙ୍କ ମଧ୍ୟରେ ସହକାରୀ ନିର୍ବାହୀ ଯନ୍ତ୍ରୀ ଆଦିତ୍ୟ ନାରାୟଣ ମିଶ୍ର, ମିଶନ ଶକ୍ତି ଅଧ୍ୟକ୍ଷା,ମିଶନ ଶକ୍ତି ବି.ପି.ଏମ, ସ୍ୱୟଂ ସହାୟିକା ଗୋଷ୍ଠୀ ସଦସ୍ୟା,କନିଷ୍ଠ ଯନ୍ତ୍ରୀ ଯୋଗଦାନ କରିଥିଲେ, କାର୍ଯ୍ୟକ୍ରମକୁ ବ୍ଲକ ସମ୍ବଳ ସଂଯୋଜକ ମହେନ୍ଦ୍ର ବେହେରା ପରିଚାଳନା କରିଥିଲେ। ଶେଷରେ ସ୍ୱଚ୍ଛତା ପାଇଁ ଶପଥ ପାଠ କରାଯାଇଥିଲା।

## ପଦ୍ମଶ୍ରୀ ବଳିଆଙ୍କ ୫ ଦିନିଆ ଗୀତା କଥା ସହ ପରିବାର ପରିବେଶ ଓ ଗଣତନ୍ତ୍ରକୁ ନେଇ ଆଲୋଚନାଚକ୍ର

ଭୁବନେଶ୍ୱର,(ପି.ଏନ): ଆଗାମୀ ୨୦୨୫ ମସିହା ଜାନୁଆରୀ ୨ ତାରିଖରୁ ୬ ତାରିଖ ପର୍ଯ୍ୟନ୍ତ ଭୁବନେଶ୍ୱର ରବୀନ୍ଦ୍ର ମଣ୍ଡପଠାରେ ପ୍ରତ୍ୟହ ସନ୍ଧ୍ୟା ୬ ଘଟିକା ସମୟରେ ଜ୍ଞାନ ବିଜ୍ଞାନ ସମ୍ବଳିତ ଗୀତା କଥା କହିବେ ଓଡ଼ିଶାର ବିଶିଷ୍ଟ ସନ୍ଥ, ସଂସ୍କାରକ ତଥା ପରିବେଶ ଓ ଗଣତନ୍ତ୍ରପ୍ରେମୀ ପଦ୍ମଶ୍ରୀ ଶ୍ରୀମଦ୍ ବାବା ବଳିଆ।ଅନନ୍ତ ବଳିଆ ଟ୍ରଷ୍ଟର ଭୁବନେଶ୍ୱର ଶାଖା ସଂଘ, ବିଶ୍ୱ ସନାତନ ସେବା ସଂଘ ଓ ଗୀତା ସାବତ୍ରୀ ସଂଘର ମିଳିତ ଆନୁକୂଲ୍ୟରେ ହେବାକୁ ଥିବା ଏହି କାର୍ଯ୍ୟକ୍ରମର ସଫଳତା ପାଇଁ ଆଜି ଏକ ପ୍ରସ୍ତୁତି ବୈଠକ, ସ୍ୱାଗତ କମିଟିର ଅଧ୍ୟକ୍ଷ, ସମ୍ବାଦର ପ୍ରତିଷ୍ଠାତା ଅଧ୍ୟକ୍ଷ ସୌମ୍ୟରଞ୍ଜନ ପଟ୍ଟନାୟକଙ୍କ ଆବାସ କାର୍ଯ୍ୟାଳୟରେ ଅନୁଷ୍ଠିତ ହୋଇଯାଇଛି। ସ୍ୱାଗତ ଭାଷଣରେ କମିଟିର ସାଧାରଣ ସମ୍ପାଦକ ବାବା ଶ୍ରୀ ପ୍ରଣବାନନ୍ଦ ଦାସ (ମନୁଭାଇ) କହିଲେ ଯେ, ଶ୍ରୀମଦ୍ ବାବାଙ୍କ ପ ଦିବସୀୟ କାର୍ଯ୍ୟକ୍ରମରେ ଗୀତା କାହିଁକି ପଢିବା, ଜୀବନ ଏକ ଗୀତା, ନିଜ ଭିତରେ ଶାନ୍ତି ପାଇବାର ଉପାୟ, ମୁଁ କିଏ, କେଉଁଠୁ ଆସିଛି ଓ ମୋର କ ବ୍ୟ କଣ ଓ ନିଜକୁ ଜାଣିବାର କୌଶଳ ଉପରେ ପ୍ରତ୍ୟହ ସନ୍ଧ୍ୟା ୬ ଘଟିକାରୁ ୮ ଘଟିକା ୩୦ ମିନିଟ୍ ପର୍ଯ୍ୟନ୍ତ ଗୀତା କଥା କହିବେ। ଭୁବନେଶ୍ୱରବାସୀ ଏହାର ସୁଯୋଗ ନେବାକୁ ସେ ନିବେଦନ କରିଥିଲେ।ସ୍ୱାଗତ କମିଟିର କାର୍ଯ୍ୟକାରୀ




ଅଧ୍ୟକ୍ଷ ଡଃ ଆର୍ଯ୍ୟକୁମାର ଜ୍ଞାନେନ୍ଦ୍ର କହିଲେ ଯେ, ସନ୍ଧ୍ୟାରେ ଗୀତା କଥା ସହ ଶ୍ରୀମଦ୍ ବାବା ଆଜକୁ ଦୀର୍ଘ ୪୦ ବର୍ଷ ଧରି ପରିବେଶ ପାଇଁ ବୃକ୍ଷରୋପଣ, ଗଣତନ୍ତ୍ର ସଚେତନତା ପାଇଁ ପଲ୍ଲୀ ଠାରୁ ଦିଲ୍ଲୀ ପର୍ଯ୍ୟନ୍ତ ୧୪ଗୋଟି ଜାତୀୟସ୍ତରୀୟ ଆଲୋଚନାଚକ୍ର କରିସାରିଛନ୍ତି। ବ ମାନ ପରିବାରରେ ପିତାମାତାଙ୍କ ପ୍ରତି କ ବ୍ୟ ଏ ସବୁକୁ ନେଇ ଏକ ଜାତୀୟସ୍ତରୀୟ ଆଲୋଚନା ଚକ୍ର ଜାନୁଆରୀ ୩,୪ ଓ୫ ତାରିଖରେ ରବୀନ୍ଦ୍ର ମଣ୍ଡପଠାରେ ପୂର୍ବାହ୍ନ ୧୦ ଘଟିକା ଠାରୁ ଅପରାହ୍ନ ୧ ଘଟିକା ପର୍ଯ୍ୟନ୍ତ ଅନୁଷ୍ଠିତ ହେବ।ଆଲୋଚନାରେ ଅଂଶଗ୍ରହଣ କରି ସ୍ୱାଗତ କମିଟିର ଅଧ୍ୟକ୍ଷ ସୌମ୍ୟରଞ୍ଜନ ପଟ୍ଟନାୟକ କହିଲେ ଯେ, ପରିବେଶ ଓ ନଦୀ ସୁରକ୍ଷା ପାଇଁ ଦୀର୍ଘଦିନ ହେବ ଯେଉଁ ବିଶିଷ୍ଟ ବ୍ୟକ୍ତିମାନେ କାର୍ଯ୍ୟ କରୁଛନ୍ତି, ସେମାନଙ୍କ ସହ ଏବେଠାରୁ ଯୋଗାଯୋଗ କରାଯିବା ଉଚିତ୍। ସେହିପରି ଗଣତନ୍ତ୍ର ପାଇଁ ହେବାକୁ ଥିବା ଆଲୋଚନା ଚକ୍ରକୁ ପ୍ରଭାବଶାଳୀ କରିବାକୁ ହେଲେ ଗଣତନ୍ତ୍ରର ୪ଟି ସ୍ତମ୍ଭ ସଂସଦ, ପ୍ରଶାସନ, ବିଚାର ବିଭାଗ ଓ ଗଣମାଧ୍ୟମ କ୍ଷେତ୍ରରେ ପ୍ରତିଷ୍ଠିତ ବ୍ୟକ୍ତିତ୍ୱ, ଅଭିଜ୍ଞତାସମ୍ପନ୍ନ ପୂର୍ବ ପ୍ରଶାସକ, ପ୍ରାଧ୍ୟାପକ ଏବଂ ନିର୍ବିବାଦୀୟ ଗଣମାଧ୍ୟମ ପ୍ରତିନିଧି ଓ ରାଜ୍ୟର ସାମାଜିକ ଆନ୍ଦୋଳନର କର୍ମକ ଙ୍କୁ ସାମିଲ୍ କଲେ ଶ୍ରୀମଦ୍ ବାବାଙ୍କ ପୂର୍ବ କାର୍ଯ୍ୟକ୍ରମମାନଙ୍କ ଭଳି ଏହି କାର୍ଯ୍ୟକ୍ରମ ମଧ୍ୟ ପ୍ରଭାବଶାଳୀ ହେବ। ଶ୍ରୀ ପଟ୍ଟନାୟକ ଆହୁରି କହିଲେ ଯେ, ପରିବାର ସଂସ୍କାର ହେଲେ ସମାଜ ସଂସ୍କାର ହେବ, ଏଣୁ ଆଧ୍ୟାତ୍ମିକ କ୍ଷେତ୍ରରେ କାର୍ଯ୍ୟ କରୁଥିବା ଅନୁଷ୍ଠାନ ଉଦାହରଣ ସ୍ୱରୂପ ଆର୍ଯ୍ୟ ସମାଜ, ବ୍ରହ୍ମକୁମାରୀ, ଠାକୁର ନିଗମାନନ୍ଦ, ଠାକୁର ଅନୁକୂଳଚନ୍ଦ୍ର, ସ୍ୱାମୀ ଶିବାନନ୍ଦ, ଅଭିରାମ ପରମହଂସ ଓ ବାବା ବୈକୁଣ୍ଠନାଥଙ୍କ ସଂସ୍ଥାର ପ୍ରଭାବଶାଳୀ ବ୍ୟକ୍ତିତ୍ୱମାନଙ୍କୁ ଏହି କାର୍ଯ୍ୟକ୍ରମରେ ସାମିଲ୍ କରି ସେମାନଙ୍କର ମତାମତ ନିଆଗଲେ ଆଲୋଚନାଚକ୍ର ପ୍ରଭାବଶାଳୀ ହେବା ସହ ଆଲୋଚନାଚକ୍ରରେ ଭାଗ ନେବାକୁ ଆସିଥିବା ଛାତ୍ରଛାତ୍ରୀ ଓ ଯୁବକମାନେ ବିଶେଷ ଭାବେ ଉପକୃତ ହେବେ।

ଶ୍ରୀମଦ୍ ବଳିଆଙ୍କ କୃପାପାତ୍ର ବାବା ରାଧେଶ୍ୟାମ ଦାସ (ରାଜୁଭାଇ) ଆଲୋଚନାରେ ନିଜର ମତରଖି କହିଲେ ଯେ, ଏହି ଜାତୀୟ ଆଲୋଚନା ଚକ୍ରରେ ବିଶେଷ ଭାବରେ ରାଜଧାନୀର ଯୁବକ ଓ ଛାତ୍ରମାନେ କିଭଳି ଅଂଶଗ୍ରହଣ କରିପାରିବେ, ସେଥିପାଇଁ ସ୍ୱତନ୍ତ୍ର ଭାବେ ଚିନ୍ତା କରାଯିବା ଉଚିତ୍। ଏହି ପ ଦିବସୀୟ କାର୍ଯ୍ୟକ୍ରମର ସ୍ମୃତିକୁ ସଂରକ୍ଷିତ ରଖିବା ପାଇଁ ଏକ ସୁଦୃଶ୍ୟ ରଙ୍ଗୀନ ସ୍ମରଣିକା ପ୍ରକାଶ ପାଇବ ବୋଲି ବାବାଜୀ ପରମାତ୍ମା ଦାସ ଘୋଷଣା କରିଥିଲେ। ଏଥିପାଇଁ ବିଶିଷ୍ଟ ଲେଖକ, ପ୍ରାଧ୍ୟାପକ, ବୁଦ୍ଧିଜୀବୀ ମାନଙ୍କ ଲେଖା ଏବେଠାରୁ ସଂଗ୍ରହ କରିବା ପାଇଁ ସେ ପ୍ରସ୍ତାବ ଦେଇଥିଲେ। ଇଂ ପ୍ରକାଶ ଦାଶ କହିଲେ ଯେ, ଜାନୁଆରୀ ୬ ତାରିଖ ପୂର୍ବାହ୍ନରେ ରବୀନ୍ଦ୍ର ମଣ୍ଡପଠାରେ ହେବାକୁ ଥିବା ଗୁରୁ ପ୍ରଣାମ ଉତ୍ସବ-୨୦୨୫ରେ ଜଣେ ଶିକ୍ଷାବିତ୍, ଜଣେ ପାଳାଚାର୍ଯ୍ୟ ଓ ଶ୍ରୀମଦ୍ ବାବାଙ୍କ ଶିକ୍ଷକଙ୍କୁ ସମ୍ବର୍ଦ୍ଧିତ କରାଯିବ। ଏଥିସହ ମୁଖ୍ୟ ଆଶ୍ରମରେ ସେବା ଦେଉଥିବା ବରିଷ୍ଠ ଡାକ୍ତରମାନଙ୍କୁ ମଧ୍ୟ ସମ୍ବର୍ଦ୍ଧିତ କରାଯିବାର କାର୍ଯ୍ୟକ୍ରମ ରହିଛି। ବିକ୍ରମ ପରିଡ଼ା କହିଲେ ଯେ, ଚଳିତ ବର୍ଷର ଶେଷଦିନ ଡିସେମ୍ବର ୩୧ ତାରିଖ ୧୧ ଘଟିକା ସମୟରେ ଶ୍ରୀମଦ୍ ବାବା ଏକ ସାମ୍ବାଦିକ ସମ୍ମିଳନୀ ରେଡ଼କ୍ରସ ଭବନରେ କରିବାର କାର୍ଯ୍ୟକ୍ରମ ରହିଛି। ଏହି ମହାନ୍ ଆଧ୍ୟାତ୍ମିକ ଓ ସାମାଜିକ କାର୍ଯ୍ୟକ୍ରମରେ ଯେଉଁମାନେ ଆନ୍ତରିକ ସହଯୋଗ କରିବାକୁ ଋହିଁବେ, ସେମାନେ ଅଭ୍ୟର୍ଥନା କମିଟିର ସାଧାରଣ ସମ୍ପାଦକ ତଥା ଅନନ୍ତ ପ୍ରଭାର ସମ୍ପାଦକ ବାବା ପ୍ରଣବାନନ୍ଦ ଦାସ (ମନୁଭାଇ)ଙ୍କ ସହ ମୋବାଇଲ ନଂ-୯୩୩୭୩୩୧୨୩୧ରେ ଯୋଗାଯୋଗ କରିବାକୁ ସଚ୍ଚିଦାନନ୍ଦ ନିବେଦନ କରିଛନ୍ତି।






Printed & Puböished by Budhadev Mohapatra on behaöf of Hiranmayee Media Pvt. Ötd. & Printed at Mayur Offset Printers, Pöot No. D-1/1, Mancheswar Industriaö Estate, Bhubaneswar-751<0 & Puböished at N-4, F/24, IRC Viööage, Nayapaööi, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray